୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.225 Bhubaneswar Friday October 18 2024 | ୨୬ତମ ବର୍ଷ ସଂଖ୍ୟା-୨୨୫ ଭୁବନେଶ୍ୱର, ଶୁକ୍ରବାର, ଅକ୍ଟୋବର ୧୮, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ଓଏସଏସଏସସି ପରୀକ୍ଷାରେ ଅନିୟମିତତାର ତଜର୍ମା କରୁଛନ୍ତି ସରକାର, ନିଷ୍ପତ୍ତି ଖୁବଶୀଘ୍ର

ଭୁବନେଶ୍ୱର,୧୭।୧୦(ପି.ଏନ): ଓଡିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ(ଓଏସଏସଏସସି)ଙ୍କ ଦ୍ୱାରା କମ୍ପ୍ୟୁଟର ଆଧାରିତ ନିଯୁକ୍ତି ପରୀକ୍ଷା-୨୦୨୪ରେ ଅନିୟମିତତାର ଅଭିଯୋଗ ଆସିବା ପରେ ରାଜ୍ୟ ସରକାର ଏହାକୁ ଗୁରୁତ୍ୱର ସହ ବିଚାରକୁ ନେଇଛନ୍ତି। ସମସ୍ତ ଅନିୟମିତତା ଅଭିଯୋଗକୁ ସରକାରଙ୍କ ଉଚ୍ଚସ୍ତରୀୟ ଅଧିକାରୀମାନଙ୍କ ଦ୍ୱାରା ତଜର୍ମା କରାଯାଉଛି। ଖୁବଶୀଘ୍ର ସରକାର ଏନେଇ ଉଚିତ୍ ନିଷ୍ପତ୍ତି ନେବେ ବୋଲି ଆଜି ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଜାରି ପ୍ରେସ୍ ରିଲିଜରେ ସୂଚନା ଦିଆଯାଇଛି।ସୂଚନା ଅନୁସାରେ ପରୀକ୍ଷାର ପବିତ୍ରତା ସହ ସାଲିସ୍ ହୋଇଥିବା କିଛି ପରୀକ୍ଷାର୍ଥୀଙ୍କଠାରୁ ଅଭିଯୋଗ ମିଳିଛି । ଯାହା ଏହି ପଦବୀ ପାଇଁ ନିରପେକ୍ଷ ଓ ମେଧାଭିତ୍ତିକ ଚୟନକୁ ପ୍ରଭାବିତ କରୁଛି । ରାଜ୍ୟ ସରକାର ଏହି ବିଷୟକୁ ଗୁରୁତ୍ୱର ସହ ବିଚାରକୁ ନେଇଛନ୍ତି ଓ ସମସ୍ତ ପରୀକ୍ଷାର୍ଥୀଙ୍କ ପାଇଁ ଏକ



ନିରପେକ୍ଷ ଓ ସ୍ୱଚ୍ଛ ନିଯୁକ୍ତି ପରୀକ୍ଷା କରିବା ପାଇଁ ପ୍ରତିବଦ୍ଧ । ଓଡିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗଙ୍କ ଦ୍ୱାରା ପରିଚାଳିତ ଉକ୍ତ ପରୀକ୍ଷାଗୁଡିକର ପରିଚାଳନାର ସମସ୍ତ ଦିଗ ତଥା ପ୍ରାସଙ୍ଗିକ ପରିସଂଖ୍ୟାନକୁ ତର୍ଜମା କରାଯାଉଛି ଓ ସରକାରଙ୍କ ଦ୍ୱାରା ଅତିଶୀଘ୍ର ସମୁଚିତ ନିଷ୍ପତ୍ତି ନିଆଯିବ ବୋଲି କୁହାଯାଇଛି ।

## ଦେଶୀ ମଦ ଜବତ କରିବାକୁ ଯାଇଥିବା ବେଳେ ପୋଲିସକୁ ଆକ୍ରମଣ

ଭୁବନେଶ୍ୱର,୧୭।୧୦(ପି.ଏନ): ଦେଶୀ ମଦ ଜବତ କରିବାକୁ ଯାଇ ଜଣେ ପୋଲିସ କର୍ମଚାରୀ ଆକ୍ରମଣର ଶିକାର ହୋଇଛନ୍ତି । ଅଭିଯୁକ୍ତଙ୍କ ଆକ୍ରମଣରେ ସେ ଆହତ ହୋଇଛନ୍ତି । ଘଟଣା ଖୋର୍ଦ୍ଧା ଜିଲ୍ଲା ବାଣପୁର ବିଜ୍ଞାପିତ ଅଞ୍ଚଳ ଦୁଇ ନମ୍ବର ୱାର୍ଡ ପୋଡ଼ସାହି ଗାଁରେ ଘଟିଛି ।ଗାଁରେ ମଦ କାରବାର ଚାଲିଥିବା ଖବର ପାଇ ବାଣପୁର ପୋଲିସ ହଠାତ ଚଢ଼ାଉ କରିଥିଲା କ୍ଷ ଚଢାଉରେ ଧୁନୀୟା ନାୟକ ନାମକ ବ୍ୟକ୍ତିକୁ ଗିରଫ କରାଯିବା ସହ ୩୦ ଲିଟର ଦେଶୀ ମଦ ଜବତ କରାଯାଇଥିଲା କ୍ଷ ଏହାର ପ୍ରତିବାଦ କରି ଧୂନିଆଙ୍କ ସ୍ତ୍ରୀ ରଜନୀ ଓ ପୁଅ ଦୟାନିଧିଙ୍କ ସହ ଗାଁର କିଛି ଲୋକ ପୋଲିସକୁ ଅଟକାଇଥିଲେ । ପୋଲିସକୁ ଅଟକ ରଖିଥିବା ସମୟରେ ଦୟାନିଧି ହଠାତ ପୋଲିସ ଓପିଏଫ ସତ୍ୟ ନାରାୟଣ ପ୍ରଧାନକୁ ଆକ୍ରମଣ କରିଥିଲେ । ସତ୍ୟ ନାରାୟଣ ଆହାତ ହୋଇଥିବାବେଳେ ଏହାର ସୁଯୋଗ ନେଇ ଧୁନୀୟା ନାୟକ ପୋଲିସ ହାତରୁ ଖସି ପଳାଇଥିଲା କ୍ଷ ଏନେଇ ବାଣପୁର ପୋଲିସ ଏସଆଇ ସୁକାନ୍ତ ଦଳାଇଙ୍କ ଅଭିଯୋଗ କ୍ରମେ ୭ ଜଣଙ୍କୁ ଗିରଫ କରାଯାଇଛି ।

## ଯାଜପୁର ଧର୍ମଶାଳାରେ ପ୍ରତିହିଂସାର ରାଜନୀତି, ପ୍ରଣବଙ୍କ ଗାଡ଼ି ଉପରକୁ ଅଣ୍ଡାମାଡ଼

ଯାଜପୁର,୧୭।୧୦(ପି.ଏନ): ଯାଜପୁର ଜିଲ୍ଲା ଧର୍ମଶାଳା ନିର୍ବାଚନମଣ୍ଡଳିରେ ଆରମ୍ଭ ହୋଇଛି ପ୍ରତିହିଂସା ରାଜନୀତି । ବିଜେଡି ନେତା ପ୍ରଣବ ବଳବନ୍ତରାୟଙ୍କ ଲୋକପ୍ରିୟତାକୁ ସହି ପାରୁ ନାହାନ୍ତି ଧର୍ମଶାଳାରେ ସ୍ୱାଧୀନ ପ୍ରାର୍ଥୀ ହୋଇଥିବା ହିମାଂଶୁ ଶେଖର ସାହୁଙ୍କ ସମର୍ଥକ । ସେଥିପାଇଁ ଗଜଲକ୍ଷ୍ମୀ ପୂଜା ବୁଲିବାକୁ ଯାଇଥିବା ପ୍ରଣବଙ୍କ ଉପରକୁ ଅଣ୍ଡାମାଡ଼ କରିଛନ୍ତି ହିମାଂଶୁଙ୍କ ସମର୍ଥକ ।ସୂଚନାଯୋଗ୍ୟ, ଗତ ନିର୍ବାଚନରେ ବିଜେଡି ଧର୍ମଶାଳାରେ ହାରିଯାଇଥିଲେ ମଧ ପୂର୍ବତନ ବିଧାୟକ ପ୍ରଣବ ବଳବନ୍ତରାୟଙ୍କ ଲୋକପ୍ରିୟତା କମି ନାହିଁ । ଯେଉଁଥିପାଇଁ ସେ ବିଭିନ୍ନ ଅଞ୍ଚଳ ଗସ୍ତ ସମୟରେ ବହୁ ସଂଖ୍ୟାରେ ଲୋକ ଏକାଠି ହୋଇ ସେମାନଙ୍କ ସମସ୍ୟା କହୁଛନ୍ତି । ଆଜି ଗଜଲକ୍ଷ୍ମୀ ପୂଜା ଅବସରରେ ମଧ ପୂର୍ବତନ ବିଧାୟକ ବିଭିନ୍ନ ମଣ୍ଡପ ବୁଲୁଥିଲେ । ମଣ୍ଡପ ବୁଲିବା ସମୟରେ ସବୁ ମଣ୍ଡପରେ ତାଙ୍କୁ ବହୁ ସଂଖ୍ୟାରେ ଲୋକ



ଭେଟୁଥିଲେ । ଏଥିରେ ଅସହିଷ୍ଣୁ ହୋଇ ହିମାଂଶୁଙ୍କ ସମର୍ଥକମାନେ ପ୍ରଣବଙ୍କ ଗାଡି ଉପରକୁ ଅଣ୍ଡାମାଡ କରିଥିବା ଅଭିଯୋଗ ହୋଇଛି । ଧର୍ମଶାଳା ନିର୍ବାଚନ ମଣ୍ଡଳୀର କୁରିକଣା ନିକଟରେ ଆଣ୍ଡାମାଡ଼ ହୋଇଥିଲା ।ପ୍ରଣବ ନିର୍ବାଚନା ମଣ୍ଡଳୀରେ ଲୋକଙ୍କ ସହ ସମ୍ପର୍କ ରକ୍ଷା କରୁଥିବାରୁ ଏଥିରେ ଅସହିଷ୍ଣୁ ହୋଇ ବିଧାୟକଙ୍କ ସମର୍ଥକମାନେ ଏଭଳି କାଣ୍ଡ ଭିଆଇଥିବା ସେ ଅଭିଯୋଗ କରିଛନ୍ତି । ଏହି ଘଟଣା ପାଇଁ ସେ ପ୍ରଶାସନକୁ ମଧ ଦାୟୀ କରିଛନ୍ତି । ଶାନ୍ତ ଧର୍ମଶାଳାକୁ ଅଶାନ୍ତ କରିବାକୁ ଉଦ୍ୟମ କରାଯାଉଥିବା ବେଳେ ଏନେଇ ସେ ଆଇନଗତ ପଦକ୍ଷେପ ନେବେ ବୋଲି କହିଛନ୍ତି ପ୍ରଣବ ।ପୂର୍ବରୁ ଧର୍ମଶାଳାରେ ଚାଲିଥିବା ଅରାଜକତା ସମ୍ପର୍କରେ ସେ ଜିଲ୍ଲା ପ୍ରଶାସନର ଦୃଷ୍ଟି ଆକର୍ଷଣ କରିଥିଲେ । ପ୍ରଶାସନ ଯଦି ପୂର୍ବରୁ ପଦକ୍ଷେପ ନେଇଥାନ୍ତା ତା'ହେଲେ ଆଜି ଏଭଳି ଘଟଣା ଘଟି ନଥାନ୍ତା ବୋଲି ସେ କହିଛନ୍ତି । ଘଟଣା ପରେ ଧର୍ମଶାଳା ବିଜୁ ଜନତା ଦଳ କାର୍ଯ୍ୟାଳୟରେ ପହଞ୍ଚି ପ୍ରଣବ ବଳବନ୍ତରାୟ ଓ ଦଳୀୟ କର୍ମୀଙ୍କ ସହ ଆଲୋଚନା କରିଛନ୍ତି ପ୍ରଣବ ପ୍ରକାଶ ଦାସ ।

## ଗଙ୍ଗା ନଦୀ ଉପରେ ହେବ ବିଶ୍ୱର ସବୁଠୁ ବଡ ରେଳ-ରୋଡ୍ ବ୍ରିଜ୍

ଭୁବନେଶ୍ୱର,୧୭।୧୦(ପି.ଏନ): କାଶୀରେ ଗଙ୍ଗା ନଦୀ ଉପରେ ହେବ ବିଶ୍ୱର ସବୁଠୁ ବଡ ରେଳ-ରୋଡ୍ ବ୍ରିଜ୍। ୨ ଥାକିଆ ବିଶିଷ୍ଟ ଏହି ବ୍ରିଜରେ ରହିବ ମୋଟ୍ ୧୦ଟି ଲେନ୍। ଉପରେ ଅନ୍ୟାନ୍ୟ ଯାନବାହନ ଚଳାଚଳ ପାଇଁ ରହିବ ୬ଟି ରାସ୍ତା ଓ ତଳେ ରହିବ ୪ଟି ଟ୍ରେନ୍ ଲାଇନ୍। ଏଥିପାଇଁ ଖର୍ଚ୍ଚ ହେବ ମୋଟ୍ ୨ ହଜାର ୬୪୨ କୋଟି ଟଙ୍କା। ବୁଧବାର ପ୍ରଧାନମନ୍ତ୍ରୀ ମୋଦିଙ୍କ ଅଧକ୍ଷତାରେ ଅନୁଷ୍ଠିତ କେନ୍ଦ୍ର କ୍ୟାବିନେଟରେ ଏହି ପ୍ରକଳ୍ପକୁ ଅନୁମୋଦନ ମିଳିଛି। ରେଳ ମନ୍ତ୍ରଣାଳୟର ପ୍ରସ୍ତାବିତ ଏହି ମଲ୍ଟି-ଟ୍ରାକିଂ ପ୍ରକଳ୍ପ ପରିଚାଳନାକୁ ସହଜ କରିବ ଓ ଭିଡ଼ ହ୍ରାସ କରିବ। ଏହି ପ୍ରକଳ୍ପ ଉତ୍ତରପ୍ରଦେଶର ବାରାଣସୀ ଓ ଚାନ୍ଦଲି ଜିଲ୍ଲା ଦେଇ ଗତି କରିବ।

### ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୧୭ ତାରିଖ ସଂସ୍କରଣଟି ପ୍ରକାଶ ପାଇ ପାରିନଥିଲା। ଏହି ଅନିଚ୍ଛାକୃତ ତ୍ରୁଟି ପାଇଁ ଆମେ ଦୁଃଖିତ।

-ପ୍ରକାଶକ

## ବିଜୁ ପଟ୍ଟନାୟକଙ୍କୁ କାହିଁକି ମିଳିଲାନି 'ଭାରତ ରତ୍ନ' ? ପୋଲ ଖୋଲିଲେ ପାଟ୍ଟଶାଣୀ

ଭୁବନେଶ୍ୱର,୧୭।୧୦(ପି.ଏନ):ପ୍ରବାଦ ପୁରୁଷ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ବିଜୁ ପଟ୍ଟନାୟକଙ୍କୁ କାହିଁକି ମିଳୁନଥିଲା 'ଭାରତ ରତ୍ନ'? ଏଥିପାଇଁ କିଏ ସାଜିଥିଲେ ପ୍ରତିବନ୍ଧକ ଏହାର ଉତ୍ତର ବୋଧହୁଏ ବିଜେଡି ନେତାଙ୍କ ପାଖରେ ନଥିବ। ହେଲେ ଆଜି ଏହାର ପୋଲ୍ ଖୋଲିଛନ୍ତି ପୂର୍ବତନ ବିଜେଡି ସାଂସଦ ତଥା ବର୍ତ୍ତମାନର ବିଜେପି ନେତା ପ୍ରସନ୍ନ ପାଟ୍ଟଶାଣୀ। ଏଥିପାଇଁ ସେ ଭି.କେ ପାଣ୍ଡିଆନ୍‌ଙ୍କୁ ଦାୟୀ କରିଛନ୍ତି।ଓଟିଭି ଖୋଲା କଥାକୁ ସାକ୍ଷାତକାର ଦେଇ ଶ୍ରୀ ପାଟ୍ଟଶାଣୀ କହିଛନ୍ତି, ଥରେ ଭି.କେ ପାଣ୍ଡିଆନ୍ ମୋତେ ଫୋନ୍ କରିଥିଲେ। ଆଉ ତାଗିଦ୍ କରି କହିଥିଲେ, ବିଜୁ ପଟ୍ଟନାୟକଙ୍କୁ ଭାରତ ରତ୍ନ ମିଳିଲାନି



ବୋଲି କ'ଣ ପାଇଁ ପାର୍ଲାମେଣ୍ଟରେ କହୁଛ ମୁଁ ଆଜି ଠାକୁରଙ୍କୁ ଅନାଇ କହୁଛି, ପାଣ୍ଡିଆନ୍ ବାବୁ ଫୋନ୍ କରି ମୋତେ ଏମିତି କହିଥିଲେ। ଏଥିସହ ଗୀତା ମେହେଟ୍ଟାଙ୍କୁ ରାଜ୍ୟସଭାକୁ ପଠାଇବା ପାଇଁ ସିଏ ବାରଣ କରିଥିଲେ। ଆରେ ଗୀତା ମେହେଟ୍ଟା ହେଉଛନ୍ତି ବିଶ୍ୱରେ ଜଣେ ପ୍ରସିଦ୍ଧ ଓଡିଆ ଝିଅ। ସେ ବହୁ ବହି ଲେଖିଛନ୍ତି। ପାଣ୍ଡିଆନ୍ ବାବୁଙ୍କଠାରୁ ଏକଥା ଶୁଣିବା ପରେ ମୁଁ କିଛି ବୁଝି ପାରିନଥିଲି ବୋଲି ଶ୍ରୀ ପାଟ୍ଟଶାଣୀ କହିଛନ୍ତି।

## କଂଗ୍ରେସ ପିସିସି ସଭାପତି ଚୟନ ପ୍ରକ୍ରିୟା ଆରମ୍ଭ, ଚରଣ ଦାସ ମହନ୍ତଙ୍କୁ ଦାୟିତ୍ୱ

ଭୁବନେଶ୍ୱର,୧୭।୧୦(ପି.ଏନ): କଂଗ୍ରେସର ପିସିସି ସଭାପତି ଚୟନ ପ୍ରକ୍ରିୟା ଆରମ୍ଭ ହୋଇଛି । ଚରଣ ଦାସ ମହନ୍ତଙ୍କୁ ଦାୟିତ୍ୱ ଦେଲା ଏଆଇସିସି । ସଭାପତି ଚୟନ ନେଇ ଚରଣ ଦାସ ଦେବେ ରିପୋର୍ଟ ।ଛତିଶଗଡ଼ ବିଧାୟକ ଦଳ ନେତା ଚରଣ ଦାସ ମହନ୍ତ । ଓଡ଼ିଶା ପିସିସିର ସାଂଗଠନିକ କାର୍ଯ୍ୟ ନେଇ ଦେବେ ରିପୋର୍ଟ । ତୁରନ୍ତ ଓଡ଼ିଶା ପହଞ୍ଚି ରିପୋର୍ଟ କରିବାକୁ ଏଆଇସିସି ନିର୍ଦ୍ଦେଶ ଦେଇଛି । ଚରଣଙ୍କୁ ସହଯୋଗ କରିବାକୁ ମୀନାକ୍ଷୀ ନଟରାଜନଙ୍କୁ ପରାମର୍ଶ ଦିଆଯାଇଛି ।



## ଆଜିଠାରୁ କାର୍ତ୍ତିକ ବ୍ରତ ଆରମ୍ଭଶ୍ରୀକ୍ଷେତ୍ରରେ ହଜାର ହଜାର ହବିଷ୍ୟାଳିଙ୍କ ସମାଗମ

ଭୁବନେଶ୍ୱର,୧୭।୧୦(ପି.ଏନ): ବାର୍ଷିକ ବାର ମାସ ଛଅ ଋତୁ । ମାତ୍ର ସବୁ ମାସ ମଧରେ କାର୍ତ୍ତିକକୁ ଶ୍ରେଷ୍ଠ ମାସ ଭାବେ ବିବେଚନା କରାଯାଏ । କୁମାର ପୂର୍ଣ୍ଣିମା ପରଦିନ ଠାରୁ ଆରମ୍ଭ ହୁଏ ଧର୍ମମାସ କାର୍ତ୍ତିକ । ଏହି ମାସରେ ଲୋକମାନେ ନିଷ୍ଠାର ସହ ଭଗବାନଙ୍କୁ ପ୍ରାର୍ଥନା କରିଥାନ୍ତି । ମାସ ସାରା ଆମିଷ ବର୍ଜନ କରି ଶୁଦ୍ଧ ଶାକାହାରୀ ଖାଦ୍ୟକୁ ମହିଳାମାନେ ଏକ ମାସ ଧରି କାର୍ତ୍ତିକ ବ୍ରତ ପାଳନ କରିବା ସହ ସନ୍ଧ୍ୟାରେ ଆକାଶ ଦୀପ ଉଠାଇ ନୈବେଦ୍ୟ ଅର୍ପଣ କରିଥାନ୍ତି ।କାର୍ତ୍ତିକ ମାସରେ ଶ୍ରୀକ୍ଷେତ୍ରରେ ହଜାର ହଜାର ହବିଷ୍ୟାଳିଙ୍କ ସମାଗମ ହୋଇଥାଏ ପ୍ରାତଃରୁ ଉଠି ମହିଳାମାନେ ମହୋଦଧି ଓ ତୀର୍ଥ ପୁଷ୍କରିଣୀରେ ସ୍ନାନ କରି ତୁଳସୀ ମୂଳରେ ରାଇଦାମୋଦର ପୂଜା କରିଥାନ୍ତି । କାର୍ତ୍ତିକରେ ତୁଳସୀ ପୂଜାର ରହିଛି ସ୍ୱତନ୍ତ୍ର ମାହାତ୍ମ୍ୟ । ତୁଳସୀ ଚଉରା ମୂଳରେ ପଞ୍ଚବର୍ଣ୍ଣ ମୁରୁଜ ପକାଇ ଧୂପ, ଦୀପ, ଅକ୍ଷତ ପ୍ରଦାନ ସ୍ୱରୂପ ହିବଷ୍ୟାଳିମାନେ କାର୍ତ୍ତିକ ବ୍ରତ ପାଳନ କରିଥାନ୍ତି । ଏ ଅବସରରେ ସୂର୍ଯ୍ୟପୂଜା ମଧ କରାଯାଏ ।ଏହି ମାସରେ କାର୍ତ୍ତିକ ମାହାତ୍ମ୍ୟ ପଠନ କଲେ ସମସ୍ତ ପାପ କ୍ଷୟ ହୁଏ ବୋଲି ବିଶ୍ୱାସ ରହିଛି । ଶ୍ରୀମନ୍ଦିରରେ କାର୍ତ୍ତିକ ମାସରେ ମହାପ୍ରଭୁ ରତ୍ନସିଂହାସନ ଉପରେ ରାଧା ଦାମୋଦର ବେଶରେ ଦର୍ଶନ ଦେଇଥାନ୍ତି । କାର୍ତ୍ତିକ ପୂର୍ଣ୍ଣିମା ପର୍ଯ୍ୟନ୍ତ ହବିଷ୍ୟାଳିମାନେ ବ୍ରତ ଧାରଣ କରି ନିଷ୍ଠାର ସହ ପାଳନ କରିଥାନ୍ତି । ପୂର୍ଣ୍ଣିମାରେ ପବିତ୍ର ତୀର୍ଥ ପୁଷ୍କରିଣୀରେ ବୁଡ ପକାଇ ଡଙ୍ଗା ଭସାଇ ବ୍ରତ ଶେଷ କରାଯାଏ ।

## ମାଛ ଧରି ଫେରୁଥିବା ବେଳେ ସମୁଦ୍ରରେ ବୁଡିଗଲା ଡଙ୍ଗା

ଜଳେଶ୍ୱର,୧୭।୧୦(ପି.ଏନ): ତାଳସାରୀ ମୁହାଣରେ ମାଛଧରା ଡଙ୍ଗା ବୁଡିଯାଇଛି। ମାଛ ଧରି ଫେରିବା ବେଳେ ଏହି ଅଘଟଣ ଘଟିଛି। କିନ୍ତୁ ଡଙ୍ଗା ବୁଡିବା ପରେ ମତ୍ସ୍ୟଜୀବୀ ବର୍ତ୍ତିଯାଇଛନ୍ତି। ୨ ଜଣଙ୍କୁ ଦୀଘା ମେଡିକାଲରେ ଭର୍ତ୍ତି କରାଯାଇଛି। ଅନ୍ୟମାନେ ଆଉ ଏକ ଡଙ୍ଗାରେ ଫେରିଛନ୍ତି। ସୂଚନା ଅନୁଯାୟୀ, ୬ ଜଣ ମତ୍ସ୍ୟଜୀବୀ ସମୁଦ୍ରକୁ ମାଛ ମାରିବାକୁ ଯାଇଥିଲେ। ମାଛ ମାରି ଫେରିବା ସମୟରେ ଏହି ଡଙ୍ଗାଟି ବୁଡିଯାଇଥିଲା।

## ରାଜ୍ୟରେ ଲାଗୁ ହେବ ଜାତୀୟ ଶିକ୍ଷା ନୀତି: ଟାସ୍କଫୋର୍ସ ଓ ୬ଟି ସବକମିଟି ଗଢ଼ିଲେ ସରକାର

ଭୁବନେଶ୍ୱର,୧୭।୧୦(ପି.ଏନ): ଜାତୀୟ ଶିକ୍ଷା ନୀତି-୨୦୨୦କୁ ଓଡିଶାରେ କାର୍ଯ୍ୟକାରୀ କରିବାକୁ ରାଜ୍ୟ ସରକାର ନିଷ୍ପତ୍ତି ନେଇଛନ୍ତି। ଏଥିପାଇଁ ଆଜି ଉନ୍ନୟନ କମିଶନରଙ୍କ ଅଧକ୍ଷତାରେ ଏକ ଟାସ୍କଫୋର୍ସ ପୁର୍ନଗଠନ ସହ ୬ଟି ଥିମେଟିକ୍ ସବକମିଟି ଗଠନ କରାଯାଇଛି । ପୂର୍ବ ବିଜେଡି ସରକାର ଜାତୀୟ ଶିକ୍ଷା ନୀତିକୁ ଓଡିଶାରେ ଲାଗୁ କରିବାକୁ ଟାଳଟୁଳ ନୀତି ଅବଲମ୍ବନ କରୁଥିଲେ ।ଆଜି ସ୍କୁଲ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଜାରି ବିଜ୍ଞପ୍ତି ଅନୁସାରେ, ଜାତୀୟ ଶିକ୍ଷା ନୀତି-୨୦୨୦କୁ ରାଜ୍ୟରେ କାର୍ଯ୍ୟକାରୀ କରିବା ନିମନ୍ତେ ଉନ୍ନୟନ କମିଶନରଙ୍କ ଅଧକ୍ଷତାରେ ଏକ ଟାସ୍କଫୋର୍ସ ପୁର୍ନଗଠନ କରାଯାଇଛି । ଏହି ଟାସ୍କଫୋର୍ସରେ ସ୍କୁଲ ଓ ଗଣଶିକ୍ଷା ବିଭାଗର ସଚିବ, ଅନୁସୂଚିତ ଜାତି ଓ ଜନଜାତି ବିଭାଗର ପ୍ରମୁଖ ସଚିବ, ପଂଚାୟତିରାଜ ବିଭାଗର ପ୍ରମୁଖ



ସଚିବ,ଅର୍ଥ ବିଭାଗର ପ୍ରମୁଖ ସଚିବ, ମହିଳା ଓ ଶିଶୁ ବିକାଶ ବିଭାଗର ପ୍ରମୁଖ ସଚିବ, ଦକ୍ଷତାବିକାଶ ଓ ବୈଷୟିକ ଶିକ୍ଷା ବିଭାଗର ପ୍ରମୁଖ ସଚିବ, କ୍ରୀଡା ଓ ଯୁବବ୍ୟାପାର ବିଭାଗର ପ୍ରମୁଖ ସଚିବ, ଉଚ୍ଚଶିକ୍ଷା ବିଭାଗର ସଚିବ, ଓସେପା ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶକ, ଭୁବନେଶ୍ୱରସ୍ଥିତ ରିଜିଓନାଲ ଇନଷ୍ଟିଚ୍ୟୁଟ୍ ଅଫ ଏଜୁକେସନର ପ୍ରିନ୍ସିପାଲଙ୍କୁ ଏକ୍ସଅଫିସୋ ସଦସ୍ୟ ଭାବେ ସାମିଲ କରାଯାଇଛି । ଟିଚର୍ସ ଏଜୁକେସନ ଆଣ୍ଡ ଏସସିଇଆରଟି ନିର୍ଦ୍ଦେଶକଙ୍କୁ ଏହି ଜାତୀୟ ଶିକ୍ଷା ନୀତି-୨୦୨୦ର ନୋଡାଲ ଅଫିସର ଏବଂ ସ୍କୁଲ ଓ ଗଣଶିକ୍ଷା ବିଭାଗର ଅତିରିକ୍ତ ସଚିବଙ୍କୁ ଆବାହକ ସଦସ୍ୟ ଭାବେ ସାମିଲ କରାଯାଇଛି ।

## ବରିଷ୍ଠଙ୍କୁ ବାହାରର ରାସ୍ତା ଦେଖାଇବାକୁ ଯାଇ ନବୀନଙ୍କୁ ଗୌଣ କରିଦେଲେ କନିଷ୍ଠ

ଭୁବନେଶ୍ୱର,୧୭।୧୦(ପି.ଏନ): ଗତକାଲି ବିଜେଡି ସୁପ୍ରିମୋ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଜନ୍ମଦିନ ଥିଲା । ବହୁ ବର୍ଷ ପରେ ନବୀନ ତାଙ୍କ ଜନ୍ମଦିନ ଦଳୀୟ କର୍ମକର୍ତ୍ତା, ଶୁଭେଚ୍ଛୁଙ୍କ ସହ ମନାଇଥିଲେ । କାରଣ ସେ ଏବେ ଶାସନରେ ନାହାନ୍ତି କି ରାଜ୍ୟବାସୀଙ୍କ କୌଣସି ସମସ୍ୟା ପାଇଁ ଜନ୍ମଦିନ ପାଳନ ଏଡାଇ ମହାନ ହେବେ, ତଥା ଚଳିତ ବର୍ଷ ମଧ ଭଗବାନଙ୍କ ଦୟାରୁ ରାଜ୍ୟରେ ସେମିତି କୌଣସି ପ୍ରାକୃତିକ ବା ମନୁଷ୍ୟକୃତ ଅଘଟଣ ଘଟିନାହିଁ । ତେଣୁ ଚଳିତ ଜନ୍ମଦିନ ପାଳନରେ କିଛି ଅସୁବିଧା ନ ଥିଲା । ହେଲେ ଦଳୀୟ ନେତା ନବୀନଙ୍କ ଜନ୍ମଦିନ ପାଳନ କରିବେ କଣ ପାଣ୍ଡିଆନଙ୍କ ସୁରକ୍ଷା ପାଇଁ ମେଘନାଦ ପାଚେରୀ ପରି ଠିଆହୋଇଥିଲେ । ତେବେ ଏମାନଙ୍କ କାନ୍ଦଣା ଦେଖି ପ୍ରସିଦ୍ଧ ହିନ୍ଦୀ ଚଳଚ୍ଚିତ୍ର ଲୈଲା ମଜନୁର ଗୀତଟି ମନେପଡୁଛି । କୋଇ ପଥର ସେ ନା ମାରେ ମେରେ ଦିବାନେ କୋ ଟ୍ଟ । ଲୈଲା ଦିବାନା କହିଥିଲେ ଆଉ ଏହି ନେତାମାନେ କହୁଛନ୍ତି ସାର । ଆମ ସାରଙ୍କୁ କେହି କିଛି



କୁହନ୍ତୁ ନାହିଁ ।ଗତକାଲି ନବୀନ ନିବାସରେ ବହୁ ଦଳୀୟ ନେତା, ନେତ୍ରୀ, କର୍ମୀମାନେ ପହଞ୍ଚି ଦଳାଧିପତିଙ୍କୁ ଶୁଭେଚ୍ଛା ଜଣାଇଥିଲେ । ଦଳ ପାଇଁ ଏକ ବଡ ଦିନ ମଧ ଥିଲା । କାରଣ ଦଳ କହିଲେ ଆଜିବି ରାଜ୍ୟବାସୀ ନବୀନଙ୍କୁ ବୁଝନ୍ତି ଓ ନବୀନ କହିଲେ ବିଜେଡିକୁ ବୁଝାଯାଏ । ଏ କଥା ଦଳୀୟ କର୍ମକର୍ତ୍ତା ମଧ ବହୁବାର କହିଛନ୍ତି । ତେଣୁ ଏକ ବଡ ଉତ୍ସବର ଦିନ ବିଜେଡି ପାଇଁ ଥିଲା ଗତକାଲି । ଏହା ସତ୍ତ୍ୱ ଦୁଇ ନେତା ନବୀନଙ୍କୁ ଗୌଣ କରିଦେଲେ ସେମାନଙ୍କ ବୟାନ ଦେଇ । କିଛି ଦିନ ହେଲା ଅମର ଲଗାଇଥିବା ନିଆଁରେ ଜଳୁଛି ବିଜେଡି । ତାପରେ ପୁଣି ପୂର୍ବତନ ସାଂସଦ ପ୍ରସନ୍ନ ପାଟ୍ଟଶାଣୀ ଦଳର ଜୁନିୟର ଦଳପତି ଭି କାର୍ତ୍ତିକେୟନ ପାଣ୍ଡିଆନଙ୍କୁ ଖୋଲାଖୋଲି ଯେଉଁ ବୟାନ ଦେଲେ ତାକୁ ସମ୍ଭାଳି ପାରିନାହାନ୍ତି ପାଣ୍ଡିଆନ ଗୋଷ୍ଠୀ । ତେଣୁ ନବୀନଙ୍କ ଜନ୍ମଦିନ ଅବସରରେ ଦୁଇ ନେତା ପାଣ୍ଡିଆନଙ୍କ ପାଇଁ ଏମିତି ଛଟପଟ ହୋଇଛନ୍ତି କି ଏହାକୁ ନେଇ ରାଜନୈତିକ ସମୀକ୍ଷ କରୁଛନ୍ତି ଆଲୋଚନା, ପର୍ଯ୍ୟାଲୋଚନା ।କଟକରେ ଦଳ ସୁପ୍ରିମୋଙ୍କ ଜନ୍ମଦିନ ଅବସରରେ ବିଜେଡିର ରାଜନୈତିକ ସଚିବ ହୋଇଥିବା ସଂତୃପ୍ତ ମିଶ୍ର ଅମର, ପ୍ରସନ୍ନ ଓ ଅନ୍ୟ ଅସନ୍ତୁଷ୍ଟ ଦଳୀୟ ନେତାଙ୍କ ଉଦ୍ଦେଶ୍ୟରେ କହିଛନ୍ତି କି, ପତ୍ରଝଡା ଦେଲେ ମହାଦ୍ରୁମ ଦୁର୍ବଳ ହୁଏନାହିଁ । ଯେଉଁମାନେ ଦଳ ଛାଡିବାକୁ ଚାହୁଁଛନ୍ତି ଛାଡି ପାରନ୍ତି । ଏଥିରେ ଦଳରେ କୌଣସି ଫରକ ପଡିବ ନାହିଁ ଓ ସେମାନେ ନିଜ ସ୍ୱାର୍ଥ ସାଧନ ପାଇଁ ଏମିତି କରୁଛନ୍ତି । ଏଥିସହ ପାଣ୍ଡିଆନଙ୍କୁ ଆକ୍ଷେପ କରୁଥିବା ନେତାଙ୍କୁ ଅନ୍ୟ ଦଳ ଟ୍ରକ୍, ଟ୍ରେନ ଲଗାଇ ବୋହି ନେବାକୁ କହିଥିବା ଚର୍ଚ୍ଚା ହେଉଛି । ସେହିପରି ରାଜ୍ୟସଭା ସାଂସଦ ଦେବାଶିଷ ସାମନ୍ତରାୟ ମଧ୍ୟ ସମାନ କଥା କହିଛନ୍ତି ଅସନ୍ତୁଷ୍ଟଙ୍କ ଉଦ୍ଦେଶ୍ୟରେ । ଦଳ ଛାଡିବାକୁ ସେ ମଧ ଦେଉଛନ୍ତି ନିର୍ଦ୍ଦେଶ । ଏହା ପୂର୍ବରୁ ଲେନିନ ବି ସମାନ କଥା କହିଥିଲେ । ତେବେ ଏହି ଯୁବ ନେତାମାନଙ୍କ ଏମିତି ବୟାନ ବାଜିକୁ ନେଇ କୁହାଯାଉଛି କି, ପାଣ୍ଡିଆନଙ୍କ ପ୍ରତି ଅମରଙ୍କ ହେୟଜ୍ଞାନ ଓ ପ୍ରସନ୍ନଙ୍କ ସିଧା ଆକ୍ରମଣ ବିଜେଡିର କିଛି ନେତାଙ୍କୁ ଗଭୀର ଆଘାତ ଦେଇଛି ବା ପାଣ୍ଡିଆନଙ୍କ ନିର୍ଦ୍ଦେଶରେ ଏମାନେ ଦଳର ପୁରୁଖାଙ୍କୁ ବାହାର କରି ତାଙ୍କ ପାଇଁ ଦଳକୁ ସୁରକ୍ଷିତ କରୁଛନ୍ତି । ଯେଉଁଥି ପାଇଁ ନବୀନଙ୍କ ଜନ୍ମଦିନ ପରି ଦିନରେ ନବୀନଙ୍କୁ ଗୁରୁତ୍ୱ ଦେବା ବଦଳରେ ସଂତୃପ୍ତ ଓ ଦେବାଶିଷ ପାଣ୍ଡିଆନଙ୍କ ପାଇଁ ବାହୁନୁଥିବା କହୁଛନ୍ତି ରାଜନୈତିକ ବିଶାରଦ ।ସମସ୍ତ ନେତା କହୁଛନ୍ତି ଯାହା ଆକ୍ରମଣ କରିବା କଥା ନବୀନଙ୍କୁ କରନ୍ତୁ, କିନ୍ତୁ ପାଣ୍ଡିଆନଙ୍କୁ ନୁହେଁ । ଯଦି ସତ ସାହସ ଅଛି ଯାହା ପଚାରିବା କଥା ନବୀନଙ୍କୁ ପଚାରନ୍ତୁ, । ଏଥିରେ ପାଣ୍ଡିଆନଙ୍କୁ ଅଯଥା ଟାଣନ୍ତୁ ନାହିଁ । ଏହି ୩ ନେତାଙ୍କ ପାଣ୍ଡିଆନଙ୍କ ପାଇଁ ବିଳାପ ଦେଖି ଲୋକେ କହୁଛନ୍ତି, ଏଥିରୁ ପ୍ରମାଣିତ ହେଉଛି, ଏମାନଙ୍କ ପାଇଁ ନବୀନଙ୍କର କୌଣସି ଗୁରୁତ୍ୱ ନାହିଁ । ପାଣ୍ଡିଆନ ହିଁ ସବୁକିଛି । ତାଙ୍କ ପ୍ରତି କେହି କିଛି କହିଲେ କନିଷ୍ଠମାନେ ସହ୍ୟ କରିପାରୁ ନାହିଁ ।

## ଅତି ଭୀଷଣ ରୂପ ନେବ ବାତ୍ୟା ! ବାଲେଶ୍ୱର ଦେଇ ଅତିକ୍ରମ କରିବ, ଚାଲିଯିବ ଶହ ଶହ ଜୀବନ

ଭୁବନେଶ୍ୱର,ଭୁବନେଶ୍ୱର,୧୭।୧୦(ପିଏନ): ପୁଣି ଓଡିଶା ମୁହାଁ ବାତ୍ୟା । ତେବେ ଏହା ଛୋଟ ବାତ୍ୟା ନୁହେଁ ବଡ ହେବ ବୋଲି ଆକଳନ କରାଯାଇଛି । ତେବେ ଏହି ବାତ୍ୟା ଓଡିଶା ଦେଇ ଅତିକ୍ରମ କରିବା ସମୟରେ ପବନ ଘଣ୍ଟାକୁ ୧୨୦ରୁ ୧୬୦ କିମି ବେଗରେ ବହିବ । କେନ୍ଦ୍ରୀୟ ବଙ୍ଗୋପସାଗରରେ ସୃଷ୍ଟି ହେବାକୁ ଥିବା ଏହି ବାତ୍ୟା ସମୁଦ୍ରରେ ବଡ ଗୋଟାଇ ଭୀଷଣ ରୂପ ନେବ । ଗ୍ଲୋବାଲ ଫୋରକାଷ୍ଟ ସିଷ୍ଟମ(ଜିଏଫଏସ) ର ଆକଳନ ଅନୁସାରେ ଏହା ଅତି ଭୀଷଣ ବାତ୍ୟାର ରୂପ ନେବ । କିନ୍ତୁ ବର୍ତ୍ତମାନ ସୁଦ୍ଧା ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ସେନେଇ କୌଣସି ସ୍ପଷ୍ଟ ସୂଚନା ମିଳିପାରି ନାହିଁ । ତେବେ ଆକଳନ କରାଯାଇଛି ଯେ, ୨୩ ତାରିଖ ସୁଦ୍ଧା ବାତ୍ୟା ସିଭିୟର ସାଇକ୍ଲୋନର ରୂପ ନେଇପାରେ । ୨୪ ତାରିଖ ବେଳକୁ ଭଦ୍ରକ ଓ ବାଲେଶ୍ୱର ଦେଇ ପଶ୍ଚିମବଙ୍ଗ ଏବଂ ବାଂଲାଦେଶ ଆଡକୁ ଯିବ । ତେବେ ବାଲେଶ୍ୱର ପହଞ୍ଚିବା ବେଳେ ପବନର ଚାପ ୯୪୪ ମଲିବାର ଥିବ । କେବେ ଏହା ପରବର୍ତ୍ତି ଅବସ୍ଥାରେ ସିଭିୟର ସାଇକ୍ଲୋନର ରୂପ ନେଇପାରେ ବୋଲି କୁହାଯାଇଛି । ଯଦି ଏହି ଆକଳନ ସତ ହୁଏ ତେବେ ଓଡିଶା ପ୍ରତି ଆଉ ଏକ ବିପଦ ମାଡି ଆସୁଛି କହିଲେ ମଧ ଅତ୍ୟୁକ୍ତି ହେବ ନାହିଁ । ଯଦି ସିଭିୟର ସାଇକ୍ଲୋନର ରୂପ ନିଏ ତାହେଲେ ଶହ ଶହ ସଂଖ୍ୟାରେ ଜୀବନ ଯାଇପାରେ ।

## ନାଳ ନିକଟରୁ ଖପୁରି ଓ କଙ୍କାଳ ଉଦ୍ଧାର, ନିଖୋଜ ମାଆ ଓ ଝିଅଙ୍କର ହୋଇଥିବା ସୂଚନା

ଭୁବନେଶ୍ୱର,୧୭।୧୦(ପି.ଏନ): ଭଦ୍ରକ ବାସୁଦେବପୁରରେ ଚାଞ୍ଚଲ୍ୟ । ନାଳ ନିକଟରୁ ଉଦ୍ଧାର ହେଲା ମଣିଷ ଖପୁରୀ ଏବଂ କଙ୍କାଳ । ନାୟକାଣୀଡିହି ଥାନା ପାଞ୍ଚଘେରିଆ ଗାଁର ନାଳ ନିକଟରୁ ଏହା ଉଦ୍ଧାର କରାଯାଇଛି । ତେବେ ଦୁଇ ଜଣଙ୍କୁ ହତ୍ୟା କରି ଫିଙ୍ଗି ଦିଆଯାଇଥିବା ଚର୍ଚ୍ଚା ହେଉଛି । ଏହି ଘଟଣାରେ ପୋଲିସ ୨ଜଣଙ୍କୁ ଅଟର ରଖି ପଚରାଉଚରା ଆରମ୍ଭ କରିଛି । ତେବେ ଏହି ମୃତଦେହ କାହାର ସେନେଇ କୌଣସି ସ୍ପଷ୍ଟତା ମିଳିପାରି ନାହିଁ । କିନ୍ତୁ ଖବର ଅନୁସାରେ, ଗତ ୨୭ ତାରିଖରେ ସେହି ଗ୍ରାମର ମାଆ ଏବଂ ଝିଅ ନିଖୋଜ ରହିଥିବା ନେଇ ଅଭିଯୋଗ ହୋଇଥିଲା । ତେବେ ଏହି କଙ୍କାଳ ସେମାନଙ୍କର ହୋଇଥିବା ନେଇ ପୋଲିସ ଅନୁମାନ କରୁଛି । ମାଆ ଏବଂ ଝିଅ ସୁଭଦ୍ରା ପାଇଁ ଆବେଦନ କରିବାକୁ ଆସି ଆଉ ଫେରିନଥିଲେ । ଏହାପରେ ସେମାନଙ୍କୁ ବହୁତ ଖୋଜାଖୋଜି କରିବା ପରେ ମଧ ସେମାନଙ୍କର ପତ୍ତା ମିଳିନଥିଲା ।








## ଟି ଟାଇମ୍



### ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି

ବାପା-କିଏ କିଏ ଆସୁଛନ୍ତି ?

ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

## ପଲ୍ଲୀ କବି ନନ୍ଦ କିଶୋର ବଳ



ଓଡିଶା ସାହିତ୍ୟର ପ୍ରାକ୍- ଆଧୁନିକ କାଳରେ ଜଣେ କବି ଥିଲେ। ସେ ଓଡିଶାର ପୁରପଲ୍ଲୀ ଉପରେ କାବ୍ୟ ରଚନା କରିଥିବାରୁ ତାଙ୍କୁ ପଲ୍ଲୀ କବି ବୋଲି ସମ୍ବୋଧନ କରାଯାଏ।

ସେ ଓଡିଶାର କଟକ ଜିଲ୍ଲା ଅନ୍ତର୍ଗତ କୁସୁପୁର ଗାଆଁରେ ଜନ୍ମଗ୍ରହଣ କରିଥିଲେ। ପିତାଙ୍କ ନାମ ଥିଲା ଭଜନାନନ୍ଦ ଜେନା ଓ ମାତାଙ୍କର ନାମ ହିରଣ୍ମୟୀ ଦେବୀ। ଶୈଶବରେ ସେ "ରସାନନ୍ଦ ଜେନା" ନାମରେ ପରିଚିତ ଥିଲେ। ପିଉସୀ ପୋଷ୍ୟପୁତ୍ର କରିନେବା ପରେ ସେ ନନ୍ଦକିଶୋର ବଳ ଭାବରେ ପରିଚିତ ହେଲେ। ବାଲ୍ୟ ଜୀବନ କୁସୁପୁରରେ ହିଁ କଟିଥିଲା। ଗାଁ ସ୍କୁଲରୁ ଆରମ୍ଭ କରି, ସେ କଟକ ଟାଉନ ସ୍କୁଲ, ରେଭେନ୍ସା କଲିଜିଏଟ ସ୍କୁଲ, କେନ୍ଦ୍ରାପଡା ଉଚ୍ଚ ଇଂରାଜୀ ବିଦ୍ୟାଳୟ ଓ ରେଭେନ୍ସା ମହାବିଦ୍ୟାଳୟରେ ଶିକ୍ଷାଲାଭ କରିଥିଲେ। ଭକ୍ତି କବି ବଧୁସୂଦନ ରାଓଙ୍କ ଦ୍ୱାରା ପ୍ରତିଷ୍ଠିତ କଟକରେ ଟାଉନ ସ୍କୁଲରୁ ନନ୍ଦ କିଶୋର ନିଜର ଚାକିରି ଜୀବନ ଆରମ୍ଭ କରିଥିଲେ। କିଛି ବର୍ଷ ପରେ, ସେ ସ୍କୁଲ ସବ୍‌ଇନସିପେକ୍ଟର ଭାବେ ପଦୋନ୍ନତି ପାଉଥିଲେ। ଏହି ଚାକିରିରେ ବାରମ୍ବାର ଗସ୍ତ ଓ ବଦଳି ଯୋଗୁଁ ତାଙ୍କ ଦେହ ଖରାପ ହେଉଥିଲା। ଏହି କାରଣରୁ ସେ ସ୍ୱେଚ୍ଛାକୃତ ଅବସର ନେଇ ଗାଁରେ ରହିବାକୁ ସ୍ଥିର କରିଥିଲେ। କିନ୍ତୁ ଚିକିତ୍ସା ପାଇଁ ତାଙ୍କୁ ପୁନର୍ବାର କଟକ ଆସିବାକୁ ପଡିଥିଲା। ୧୯୨୮ ମସିହା ଜୁଲାଇ ୧ ତାରିଖରେ ଇହଲିଳା ସମ୍ବରଣ କରିଥିଲେ।

ରଚନାବଳୀନନ୍ଦ କିଶୋର, କଲେଜରେ ପଢ଼ିଲା ବେଳୁହିଁ ପ୍ରବନ୍ଧ ଲେଖିବା ଆରମ୍ଭ କରିଥିଲେ। ନିଜର ପ୍ରଥମ ପ୍ରଥମ ପ୍ରବନ୍ଧକୁ ସେ "ପଲ୍ଲୀ ଚିତ୍ର" ନାମରେ କବିତାର ରୂପ ଦେଇଥିଲେ। ତାଙ୍କର ରଚନାବଳୀରେ ପଲ୍ଲୀ ପ୍ରକୃତିର ସୁନ୍ଦର ବର୍ଣ୍ଣନା ଫୁଟିଉଠିଥାଏ। ପିଲାମାନଙ୍କ ପାଇଁ ତାଙ୍କଦ୍ୱାରା ରଚିତ "ନାନା ବାୟା ଗୀତ" ଓଡିଶାର ପୁରପଲ୍ଲିରେ ବେଶ୍ ପ୍ରଚଳିତ। ସେ ୧୦୦ରୁ ଅଧିକ ସନେଟ ମଧ ଲେଖିଛନ୍ତି। ତାଙ୍କର ସନେଟ ଗୁଡିକ ପ୍ରକୃତି ଓ ଜନଜୀବନର ଛବିରେ ପୁଷ୍ଟ। ୧୯୨୫ରେ ସେ କନକଲତା (ଉପନ୍ୟାସ) ନାମରେ ଉପନ୍ୟାସଟିଏ ମଧ ରଚିଯାଇଛନ୍ତି।

## ପୁରାଣ କାହାଣୀ

# ରାମଙ୍କ ପିତୃସତ୍ୟ ପାଳନ



ମନ୍ଥରା କଥାରେ କୈକେୟୀ ରାଜା ଦଶରଥଙ୍କୁ ଏକଦା ପ୍ରତିଜ୍ଞା କରିଥିବା ଦୁଇଟି ବର ପ୍ରଦାନ କରିବା ଛଳରେ ଏହି ଦୁଇ ବର ମାଗିଲେ ଯେ, ରାମ ବାର ବର୍ଷ ପାଇଁ ବନବାସ କରିବାକୁ ଯିବେ ଓ ତାଙ୍କ ପୁତ୍ର ଭରତ ରାଜା ହେବେ। ରାଜା ଦଶରଥ ଅତିଶୟ ଦୁଃଖରେ ତାଙ୍କ ସତ୍ୟ ରକ୍ଷା କଲେ। ଏହା ଶୁଣି ରାମ ଧୀର ଚିତ୍ତରେ ପିତୃ-ସତ୍ୟ ପାଳନ ନିମନ୍ତେ କିଞ୍ଚିତ ଦୁଃଖ ପ୍ରକାଶ କଲେ ନାହି। ରାମଙ୍କର ଏହି ମହନୀୟତା ହିଁ ସାରା ରାମାୟଣରେ ଅନେକ ରୂପରେ ପ୍ରକାଶିତ ହୋଇଛି। ରାମଙ୍କର ଶତ ବାରଣ ସତ୍ତ୍ୱେ,ବନବାସ ବେଳେ ରାମଙ୍କର ଅନୁସରଣ କରିବା ପାଇଁ ଦେବୀ ସୀତା ଏବଂ ଭ୍ରାତା ଲକ୍ଷ୍ମଣ ଇଚ୍ଛା ପ୍ରକାଶ କଲେ। ରାମଙ୍କର ବାରଣର ଉତ୍ତରରେ ସୀତା କହନ୍ତି, ଆପଣଙ୍କ ପାଦ ଯେଉଁ ବନପ୍ରଦେଶରେ ପଡିମ ତାହା ମୋ ପାଇଁ ଅଯୋଧା ଆଉ ଆପଣଙ୍କ ବିନା ଆଯୋଧା ମଧ ମୋ ପାଇଁ ନର୍କ ସଦୃଶ। ଇତି ମଧରେ ଭାରତ, ଟିଏ କି ମାତୃଳଙ୍କ ଗୃହକୁ ବୁଲି ଯାଥିଲେ, ଏଖବର ଶୁଣି ଗଭୀର ଦୁଃଖ ପ୍ରକାଶ କଲେ। ରାଜା ହେବାର ସୁଯୋଗ ପରିତ୍ୟାଗ କରି ସେ ଭ୍ରାତା ରାମଙ୍କୁ ଦେଖା କରିବା ପାଇଁ ସେ ବନ ଗମନ କରି ରାମଙ୍କୁ ଦେଖା କଲେ। ରାମଙ୍କୁ ବହୁତ ଅନୁନୟ ବିନୟ ପୂର୍ବକ ଫେରିଆସିବାକୁ ଏବଂ ରାଜ୍ୟ ଭାର ଗ୍ରହଣ କରିବାକୁ ଆକୁଳ ପ୍ରାର୍ଥନା କଲେ। କିନ୍ତୁ ରାମ ପିତୃ-ସତ୍ୟ ପାଳନ ନିମନ୍ତେ ସମସ୍ତ ଅନୁରୋଧକୁ ପ୍ରତ୍ୟାଖ୍ୟାନ କରି ବନବାସ ପୂର୍ବରୁ ରାଜ୍ୟକୁ ଫେରିବାକୁ ମନା କରିଦେଲେ। ତେବେ ଏକ ବିରଳ ଭ୍ରାତୃ ଭକ୍ତିର ଉଦାହରଣ ସ୍ୱରୂପ ଭରତ ଭ୍ରାତା ରାମଙ୍କ କଠଉ ଯୋଡିକ ମସ୍ତକରେ ଧାରଣ ପୂର୍ବକ ଫେରି ଆସିଲେ ଏବଂ ସିଂହାସନରେ ରାମଙ୍କ କଠଉ ସ୍ଥାପନ ପୂର୍ବକ ରାମଙ୍କ ପ୍ରତିନିଧି ଭାବରେ ରାଜ୍ୟ ଶାସନ କରିବାକୁ ଲାଗିଲେ।

## ରଣବୀର-କ୍ୟାଟ୍ରିନାଙ୍କୁ ନେଇ ଚର୍ଚ୍ଚା



ରଣବୀର କପୁର ଓ କ୍ୟାଟ୍ରିନା କୈଫଙ୍କ ଅଭିନୀତ ଫିଲ୍ମ 'ଜଗା ଜାସୁସ୍'ର ପ୍ରଥମ ପୋଷ୍ଟର ରିଲିଜ କରାଯାଇଛି। ୟୁଟିଭି ମୋଶନ ପିକଚର୍ସର ଟ୍ୱିଟରରେ ଏହି ପୋଷ୍ଟର ରିଲିଜ କରାଯାଇଛି। ଯେଉଁଥିରେ ଉଭୟ ରଣବୀର ଓ କ୍ୟାଟ୍ରିନାଙ୍କୁ ଓଟପକ୍ଷୀ ଉପରେ ବସି ଯାଉଥିବାର ଦେଖିବାକୁ ମିଳିଛି। ଦୁଇଜଣଙ୍କ ଲୁକ୍ ମଧ ଖୁବ୍ ମଜାଳିଆ ହୋଇଛି। ଯାହାକୁ ଦେଖିବା ପରେ ଫିଲ୍ମ ରିଲିଜର ଅପେକ୍ଷାରେ ରହିଛନ୍ତି ଦର୍ଶକ। ଫିଲ୍ମକୁ ନେଇ ବ୍ୟଗ୍ରତାର ଅନ୍ୟ ଏକ କାରଣ ହେଉଛି ବ୍ରେକଅପ୍ ପରେ ପୁଣିଥରେ ରଣବୀର ଓ କ୍ୟାଟ୍ରିନାଙ୍କୁ ଏଥିରେ ଏକାଠି ଦେଖିବାକୁ ମିଳିବ। ଯାହା ସେମାନଙ୍କ ପ୍ରଶଂସକଙ୍କ ପାଇଁ ଖୁସିର ମୁହୂର୍ତ୍ତ। ତେବେ ଅନୁରାଗ ବସୁଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟି ଚଳିତ ବର୍ଷ ୨୭ ନଭେମ୍ବରରେ ରିଲିଜ କରାଯାଇଥା'ନ୍ତା। ମାତ୍ର ରଣବୀର ଓ କ୍ୟାଟ୍ରିନାଙ୍କ ବ୍ରେକଅପ୍ ଏବଂ ଦୁଇଜଣଙ୍କ ବ୍ୟସ୍ତ ସିଡ୍ୟୁଲକୁ ନେଇ ଫିଲ୍ମଟି ନିର୍ଦ୍ଧାରିତ ସମୟରେ ଶେଷ ହୋଇପାରିନଥିଲା। ତେଣୁ ଏହାର ରିଲିଜ ଡେଟ୍‌କୁ ଘୁଞ୍ଚାଯାଇ ଆସନ୍ତା ବର୍ଷ ଅପ୍ରେଲ ୭ ତାରିଖକୁ ରଖାଯାଇଛି।

## ଉଚ୍ଚ ରକ୍ତଚାପରୁ ରକ୍ଷା କରିବ ଗଭୀର ନିଃଶ୍ୱାସ



ଶରୀରରେ ଯେକୌଣସି ରୋଗର ଉପସ୍ଥିତି ଅଧିକାଂଶ ଲୋକଙ୍କୁ ବହୁତ ଡେରିରେ ଜଣା ପଡ଼ିଥାଏ । ସେଭଳି ଏକ ରୋଗ ହେଉଛି ଉଚ୍ଚ ରକ୍ତଚାପ । ଉଚ୍ଚ ରକ୍ତଚାପକୁ ସାଇଲେଣ୍ଟ କିଲର କୁହାଯାଏ । ଯଦି ଆପଣ ସେଭଳି ସ୍ଥିତିରେ ଗତି କରୁଛନ୍ତି ଓ ଔଷଧପତ୍ର ଖାଇବା ଝାମେଲାରୁ ମୁକୁଳିବାକୁ ଚାହୁଁଛନ୍ତି ତେବେ ଆପଣ ଆପଣଙ୍କ ଲାଇଫ ଷ୍ଟାଇଲକୁ ବଦଳାନ୍ତୁ । ଦୀର୍ଘ ଶ୍ୱାସକ୍ରିୟାରେ ଆରାମ-କିଛି ବ୍ୟକ୍ତିଙ୍କର ରକ୍ତଚାପ ସନ୍ଧ୍ୟା ତୁଳନାରେ ସକାଳ ସମୟରେ ଅଧିକ ଥାଏ । ଏହାର କାରଣ ରାତିରେ ଅମ୍ଳଜାନର ଅଭାବ। ବିପି ନିୟନ୍ତ୍ରଣ ରଖିବା ପାଇଁ ଅମ୍ଳଜାନର ମୁଖ୍ୟ ଭୂମିକା ରହିଛି । ଏଥିପାଇଁ ଦିନବେଳେ ଶାନ୍ତ ପରିବେଶରେ ବସି ୧୦ ରୁ ୧୫ ଥର ପେଟ ଭିତରୁ ଦୀର୍ଘ ନିଃଶ୍ୱାସ ନେବା ଉଚିତ୍ । ଏସ୍‌ଏମ୍‌ଏସ୍ ଡାକ୍ତରଖାନାର ଫିଜିସିଆନ୍ ଡା. ସି.ଏଲ୍.ନବଲଙ୍କ କହିବା ଅନୁସାରେ ଗଭୀର ନିଃଶ୍ୱାସ ପ୍ରଶ୍ୱାସ ନେଲେ ଶରୀରରେ ଅମ୍ଳଜାନ ଓ ରକ୍ତ ସଞ୍ଚାଳନ ସୁଚାରୁ ରୂପେ ହୋଇଥାଏ । ତା'ସହିତ ମାନସିକ ରୂପରେ ଶାନ୍ତି ମିଳିଥାଏ ।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଞ୍ଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।

## ବିଲେଇକୁ ମିଳୁଛି ସରକାରୀ ଚାକିରି, ମୋଟା ଦରମା



ଲଣ୍ଡନ ଗୋଟିଏ ପଟେ ଦେଶରେ ବେରୋଜଗାରୀ ସମସ୍ୟା ବୃଦ୍ଧି ପାଉଥିଲା ବେଳେ ଅନ୍ୟପଟେ ଏଠି ବିଲେଇକୁ ପ୍ରଦାନ କରାଯାଉଛି ସରକାରୀ ଚାକିରି ଏବଂ ଚାକିରି ବାବଦରେ ମିଳୁଛି ମୋଟା ଦରମା। ନିକଟରେ ଦେଶର କ୍ୟାବିନେଟ୍ ଦୁଇ ବିଲେଇକୁ ସରକାରୀ ନିଯୁକ୍ତି ପାଇଁ ମଞ୍ଜୁର ଦେଇଛି। ଇବି ଏବଂ ଓସି ନାମକ ଏହି ଦୁଇ ବିଲେଇ ଏବେ ବ୍ରିଟିସ ସରକାରଙ୍କ କ୍ୟାବିନେଟ୍ କାର୍ଯ୍ୟାଳୟରେ ଚାକିରି କରୁଛନ୍ତି। ବିଲେଇଙ୍କୁ ନିଯୁକ୍ତି ଦିଆଯିବା ପୂର୍ବରୁ ବିଧିବଦ୍ଧ ଭାବେ ବିଜ୍ଞାପନ ଦିଆଯାଇଥିଲା। ବିଜ୍ଞାପନରେ ସେମାନଙ୍କର ଯୋଗ୍ୟତା ସହ ବାୟୋଡାଟା ମଧ ମଗାଯାଇଥିଲା। ଏହି ନିଯୁକ୍ତି ପାଇଁ ଅନେକ ଆବେଦନ ପତ୍ର ମିଳିଥିଲା ବେଳେ ଦକ୍ଷତାକୁ ଦୃଷ୍ଟିରେ ରଖି ଦୁଇ ବିଲେଇଙ୍କୁ ନିଯୁକ୍ତି ଦିଆଯାଇଛି। ଏମାନଙ୍କର ଦାୟିତ୍ୱ ହେଉଛି କ୍ୟାବିନେଟ୍ କାର୍ଯ୍ୟାଳୟରୁ ମୂଷା ମାରିବା। ଗତକିଛି ବର୍ଷ ଧରି ଏଠାର କ୍ୟାବିନେଟ୍ କାର୍ଯ୍ୟାଳୟରେ ମୂଷାଙ୍କ ଉତ୍ପାତ ବୃଦ୍ଧି ପାଉଥିଲା ବେଳେ ସେମାନଙ୍କ ଦ୍ୱାରା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ କାଗଜପତ୍ର ନଷ୍ଟ ହେବାରେ ଲାଗିଛି। ଯେଉଁ କାରଣରୁ ସରକାର ବାଧରେ ମୂଷା ନିୟନ୍ତ୍ରଣ ପାଇଁ ବିଲେଇ ନିଯୁକ୍ତି ଦେଇଛନ୍ତି।

## ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ଶୀତ ଋତୁରେ ରୋଗ ବେଶୀ



ଶୀତଋତୁ ଆସିଲେ ବିଭିନ୍ନ ପ୍ରକାର ରୋଗ ମଧ ସାଙ୍ଗରେ ଆଣି ଆସିଥାଏ । ଯେପରି ଥଣ୍ଡା, ସଂକ୍ରମଣ, ତ୍ୱଚ ଫାଟିବା ଇତ୍ୟାଦି । କେତେକ ଲୋକଙ୍କର ଭାବନା ରହିଥାଏ କି ସନସ୍କ୍ରିନ୍‌ର ପ୍ରୟୋଗ କେବଳ ଗ୍ରୀଷ୍ମ ଦିନମାନଙ୍କରେ କରାଯାଇଥାଏ କିନ୍ତୁ ଏପରି ଭାବିବା ସମ୍ପୂର୍ଣ୍ଣ ରୂପେ ଭୁଲ୍ । ଥଣ୍ଡା ଦିନମାନଙ୍କରେ ସୂର୍ଯ୍ୟ ଭୂପୃଷ୍ଠର ସବୁଠାରୁ ନିକଟତର ହୋଇଥାନ୍ତି । ଏଥିପାଇଁ ସୂର୍ଯ୍ୟଙ୍କ କିରଣ ଅଧିକ କ୍ଷତି ପହଞ୍ଚାଇଥାଏ । ଥଣ୍ଡା ଦିନମାନଙ୍କରେ କସରତ କରିବା କ୍ଷତିକାର ହୋଇପାରେ । ଏପରି ଭାବିବା ବିଲ୍‌କୁଲ୍ ଭୁଲ୍ । ବାସ୍ ଏହି କଥାର ଧ୍ୟାନ ରଖନ୍ତୁ କି ବାହାରକୁ ବାହାରିବା ପୂର୍ବରୁ ନିଜକୁ ଥଣ୍ଡାରୁ ବଞ୍ଚେଇବାର ସମସ୍ତ ଉପାୟକୁ ସାଙ୍ଗରେ ଧରି ଯାଆନ୍ତୁ । ଥଣ୍ଡା ଦିନମାନଙ୍କରେ ମଦ୍ୟପାନ କରିବା ଦ୍ୱାରା ଶରୀର ଗରମ ପହଞ୍ଚାଇଥାଏ ବୋଲି ଅନେକଙ୍କର ଭାବନା ରହିଥାଏ । କିନ୍ତୁ ବାସ୍ତବରେ ଏହା ଅଳ୍ପ କିଛି ସମୟ ପାଇଁ ଆପଣଙ୍କ ଶରୀରକୁ ଗରମ ରଖିଥାଏ । ଲମ୍ବା ସମୟ ପର୍ଯ୍ୟନ୍ତ ଏହା କାମ କରିନଥାଏ । ଅଧିକ ସମୟ ପର୍ଯ୍ୟନ୍ତ ଥଣ୍ଡାରେ ଘରଠୁ ବାହାରେ ରହିବା ଦ୍ୱାରା ରୋଗ ଆକ୍ରାନ୍ତ ହେବାର ଆଶଙ୍କା ଅଧିକ ରହିଥାଏ । ଏପରି ବିଲ୍‌କୁଲ୍ ନୁହେଁ । ଏହି ମୌସୁମୀରେ ଥଣ୍ଡା, କାଶ, କେବଳ ବ୍ୟାକ୍ଟେରିୟା ଏବଂ ସଂକ୍ରମଣ କାରଣରୁ ହିଁ ହୋଇଥାଏ । ଥଣ୍ଡା ମୌସୁମିରେ ଅଧିକ ଚିନ୍ତା ରହିଥାଏ । ଭିଟାମିନ୍ ସି ଇମ୍ୟୁନିଟିକୁ ବଢେଇଥାଏ ଏବଂ ଥଣ୍ଡା ଦିନମାନଙ୍କରେ ହେଉଥିବା ରୋଗ ମାନଙ୍କଠାରୁ ବଞ୍ଚେଇଥାଏ ।




# ଶିଶୁ ଶ୍ରମିକ: ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ !

୧୯୮୬ ନଭେମ୍ବର ୨୦ ତାରିଖରେ ଜାତିସଂଘର ସାଧାରଣ ବୈଠକରେ ଶିଶୁଙ୍କର ୪ଟି ଅଧିକାର ସଂକ୍ରାନ୍ତରେ ବିଶଦ ଭାବରେ ଆଲୋଚନା କରାଯାଇଥିଲା। ଏହାର ପ୍ରଥମ ଧାରାରେ କୁହାଯାଇଛିଯେ ୧୮ବର୍ଷରୁ କମ୍ ବୟସ୍କ ବ୍ୟକ୍ତିହିଁ ଶିଶୁ। ଶିଶୁର ଅଧିକାରରେ ରହିଛି : (୧) ବଂଚିବାର ଅଧିକାର, (୨) ସୁରକ୍ଷା ବା ନିରାପତ୍ତାର ଅଧିକାର (୩) ସୁଶିକ୍ଷା ଅଧିକାର, (୪) ନିଜର ମତବ୍ୟକ୍ତ କରିବାର ଅଧିକାର। ଏହା ଫଳରେ ଶିଶୁଟି ସମସ୍ତ ଶୋଷଣ, ଯନ୍ତ୍ରଣା, ଭର୍ତ୍ସନା, ତା'ପ୍ରତି ଅସଦ୍‌ବ୍ୟବହାର ଇତ୍ୟାଦିରୁ ମୁକ୍ତି ପାଇପାରିବ। ଅନ୍ୟପକ୍ଷରେ ଏକ ନିଶ୍ଚିନ୍ତ ଓ ନିଶ୍ଚିତ ନିରାପତ୍ତା ଜୀବନଯାପନ ସହିତ ସୁସ୍ଥ ଏବଂ ସବଳ ଜୀବନ ସହିତ ସୁଶିକ୍ଷା ପାଇପାରିବ।

ଶିଶୁର ଏହି ଅଧିକାରକୁ ଆହୁରି ସୁଗମ, ସ୍ୱଚ୍ଛଳ ଓ ପିଚ୍ଛିଳ ପାଇଁ ଆମ ସରକାର ୨୦୧୦ ମସିହା ଏପ୍ରିଲ ୧ଠାରୁ ୬ରୁ ୧୪ବର୍ଷ ଯାଏଁ ଶିଶୁମାନଙ୍କୁ ବାଧ୍ୟତାମୂଳକ ଶିକ୍ଷାର ବ୍ୟବସ୍ଥା କରିଛନ୍ତି। ଫଳରେ ସେମାନେ ବିଦ୍ୟାଳୟ ଯିବେ। ଶିଶୁ ଶ୍ରମିକ ପ୍ରଥାରୁ ମୁକ୍ତି ପାଇବେ। ଏଥିପାଇଁ ସର୍ବଶିକ୍ଷା ଅଭିଯାନ ଆମ ଦୁଆର ଉଭା ହୋଇଛି।

‘ସଭିଏଁ ପଢ଼ନ୍ତୁ, ସଭିଏଁ ବଢ଼ନ୍ତୁ’ ହେଉଛି ସର୍ବଶିକ୍ଷା ଅଭିଯାନର ମୁଖ୍ୟ ଲକ୍ଷ୍ୟ। ଏହାରମାନେ ଏହି ଯେ ୬-୧୪ବର୍ଷ ଶିଶୁମାନେ ନିଶ୍ଚିତ ଭାବେ ବିଦ୍ୟାଳୟକୁ ଯିବେ; ସେଠି ମାଗଣାରେ ୧୪ବର୍ଷ ଯାଏଁ ପଢ଼ିବେ ଏବଂ ସ୍ୱାସ୍ଥ୍ୟକର ପରିବେଶର ନିରୋଗଭାବେ ବଢ଼ିବେ। ଅର୍ଥାତ୍ ପୂର୍ବପରି ଏମାନେ ଶିଶୁଶ୍ରମିକ ଭାବେ ଖଟିବେ



ନାହିଁ। ମୋଟ ଉପରେ ଶିଶୁ ଶ୍ରମିକ ପ୍ରଥା ସଂପୂର୍ଣ୍ଣ ଉଚ୍ଛେଦହେବ। ଉତ୍ତମ ନାଗରିକ ଭାବେ ନିଜକୁ ଗଢ଼ିବାକୁ ହେଲେ ପ୍ରଥମେ ନିଜକୁ ଶିକ୍ଷିତ କରାଇବାକୁ ହେବ। ଏମାନଙ୍କୁ ୬-୧୪ର୍ଷ ମଧ୍ୟରେ ଶ୍ରମ ବା ଅର୍ଥନୈତିକ ସମସ୍ୟା ସହିତ ଜଡ଼ିତ ରଖାଯିବ ନାହିଁ।

ଶିଶୁମାନଙ୍କୁ ଶ୍ରମ ମୁକ୍ତ ରଖିବାପାଇଁ ଶିଶୁ ଶ୍ରମିକ ଆଇନ ରହିଛି। ୧୯୮୬ ଶିଶୁ ଶ୍ରମିକ ଆଇନ ଅନୁସାରେ ୧୩ଟି ବିପଜ୍ଜନକ ସଂସ୍ଥା ଓ ୫୭ଟି ବିପଦପୂର୍ଣ୍ଣ ସଂସ୍ଥାରେ ୧୪ବର୍ଷରୁ କମ୍ ବୟସର ପିଲାଙ୍କୁ ନିଯୁକ୍ତି ନିଷେଧ କରାଯାଇଛି। ଏମାନଙ୍କ ଭିତରେ ଅଛି ଅଟୋ ମୋବାଇଲ ୱାର୍କସପ୍, ଗ୍ୟାରେଜ, ଫାଉଣ୍ଡ୍ରି, ବିସ୍ଫୋରକ ସାମଗ୍ରୀ ପ୍ରସ୍ତୁତି, ତନ୍ତଶିଳ୍ପ, ଖଣି ଖାଦାନ, ପ୍ଲାଷ୍ଟିକ ବା ଫାଇବର କାରଖାନା ଇତ୍ୟାଦି। ଅନ୍ୟାନ୍ୟ ପ୍ରକ୍ରିୟା ଭିତରେ ଅଛି ବିଡ଼ି ବା ଅଗରବତୀ ତିଆରି, ଗାଲିଚା ବୁଣିବା, ମଣି କାଟିବା,



ପଲିସି , ତାଲା ତିଆରି, ଚୁଡ଼ି ପ୍ରସ୍ତୁତି ଓ ଜରି ତିଆରି ଇତ୍ୟାଦି ଅନ୍ତର୍ଭୁକ୍ତ। ଏବେ ସମସ୍ତଙ୍କ ପାଇଁ ଶିକ୍ଷାଯୋଜନାରେ ପ୍ରବର୍ତ୍ତିତ ସର୍ବଶିକ୍ଷା ଅଭିଯାନ ଶିଶୁମାନଙ୍କର ସାକ୍ଷରତା ହାର ବୃଦ୍ଧି କରିବାରେ ସହାୟକ ହେଉଛି। ଶିଶୁ ଶ୍ରମିକଙ୍କ ହାର ହ୍ରାସ କରିବାରେ ବିଦ୍ୟାଳୟ ମାନଙ୍କରେ ମାଗଣା ମଧ୍ୟାହ୍ନ ଭୋଜନ ବ୍ୟବସ୍ଥା, ମାଗଣା ଶିକ୍ଷା ଓ ପୋଷାକ ତଥା ସାଇକେଲ ଇତ୍ୟାଦି ସହାୟତା ବେଶ ଉତ୍କଣ୍ଠା ସୃଷ୍ଟି କରିଛି। ଯେଉଁ କ୍ଷେତ୍ରରେ ଶିଶୁଟିଏ ଶିକ୍ଷା ବିନିମୟରେ ଶ୍ରମ କରି ଅର୍ଥ ଉପାର୍ଜନ କରୁଛି, ସେତ ଅଣ କୁଶଳୀ ହୋଇ ରହୁଛି, ଅପରନ୍ତୁ ବିପଜ୍ଜନକ ଓ ବିପଦପୂର୍ଣ୍ଣ କାର୍ଯ୍ୟରେ ନିୟୋଜନ ହେତୁ ବେଳେବେଳେ ମୃତ୍ୟୁ ମୁଖରେ ପଡୁଛି ଅଥବା ଦୁର୍ଘଟଣା କାରଣରୁ ସବୁଦିନ ପାଇଁ ପଙ୍ଗୁ ଅଥବା ବିକଳାଙ୍ଗ ସାଜି ବେକାର ହୋଇ ଭିକାରୀ ଜୀବନ ଯାପନ କରୁଛି। ଏଥିରୁ ନିବୃତ୍ତି ରଖି ଶିଶୁମାନଙ୍କୁ ଉନ୍ନତ ଭାବରେ ଗଢ଼ିବାରେ ଏବେକାର ସରକାର ଶିକ୍ଷା, ସ୍ୱାସ୍ଥ୍ୟ, ନିରାପତ୍ତା ଏବଂ ପୁଷ୍ଟିସାଧନ ଆଜି ସୁବିଧା ଓ ସୁଯୋଗମାନ ଯୋଗାଇ ଚାଲିଛନ୍ତି।

ଶିଶୁ ଶ୍ରମିକ ପ୍ରଥା ଉଚ୍ଛେଦପାଇଁ ବ୍ୟବସ୍ଥାମାନ ଏବେ ଗ୍ରହଣ କରାଯାଉଛି। ସେଥିପାଇଁ ଶିକ୍ଷା, ଷ୍ଟାଇପେଣ୍ଡ, ପ୍ରୋତ୍ସାହନ, ପ୍ରେରଣା, ସ୍ୱାସ୍ଥ୍ୟ ଓ ଧନ୍ଦାମୂଳକ କାର୍ଯ୍ୟକ୍ରମକୁ ହାତକୁ



ନିଆଯାଇଛି। ଜାତୀୟ ଶିଶୁ ଶ୍ରମିକ ପ୍ରକଳ୍ପ ଅନୁଯାୟୀ ନିୟୋଜିତ ଶିଶୁମାନଙ୍କୁ ତାଙ୍କ କର୍ମସଂସ୍ଥାନରୁ ଫେରାଇଆଣି ସର୍ବଶିକ୍ଷା ଅଭିଯାନ ଅନ୍ତର୍ଭୁକ୍ତ କରାଯାଉଛି। ସେମାନଙ୍କ ଶାରୀରିକ ଯଥାର୍ଥ ବୃଦ୍ଧି ସାଧନ ପାଇଁ ପୁଷ୍ଟିକର ଖାଦ୍ୟ ଯୋଗାଇ ଦିଆଯାଉଛି। ବିଭିନ୍ନ ସ୍ଥାନରେ ଆବଶ୍ୟକତାକୁ ନେଇ ସ୍ୱତନ୍ତ୍ର ବିଦ୍ୟାଳୟ ମଧ୍ୟ ସ୍ଥାପନ ହେଉଛି। ଏହାସତ୍ତ୍ୱେ ଯଦି କୌଣସି ଶିଶୁ ନିୟୋଜନ ଥାଆନ୍ତି ସେଠି ପିତାମାତାଙ୍କୁ ପ୍ରବର୍ତ୍ତାଇବାକୁ ପଦକ୍ଷେପ ନିଆଯାଉଛି ଏବଂ ଶିଶୁଶ୍ରମିକ ନିୟୋଜନ କାରୀଙ୍କୁ ଉପଯୁକ୍ତ ଦଣ୍ଡବିଧାନ କରାଯାଉଛି। ସର୍ବଶିକ୍ଷା କାର୍ଯ୍ୟକ୍ରମ ଅନୁଯାୟୀ ଅଧୁନା ୬-୧୪ବର୍ଷ ଶିଶୁମାନଙ୍କୁ ବିଦ୍ୟାଳୟକୁ ଆଣି



ଶିକ୍ଷାଦେବାର ବ୍ୟବସ୍ଥା ତ୍ୱରାନ୍ୱିତ କରାଯାଉଛି।

ଏସବୁ ସତ୍ତ୍ୱେ ଭାରତରେ ଓଡ଼ିଶାରେ ଶିଶୁ ଶ୍ରମିକ ସଂଖ୍ୟା ସର୍ବାଧିକ। ୨୦୦୩ର ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଯେ ସେତେବେଳେ ଗଞ୍ଜାମରେ ଏହାଥିଲା ୬୫,୮୭୮ କେବଳ। ତା'ତଳକୁ ଥିଲା ମୟୂରଭଞ୍ଜ ୬୦,୪୨୪ ଶିଶୁଶ୍ରମିକ। ଏହି କ୍ରମରେ ଏବେବି ସୁନ୍ଦରଗଡ଼, କଟକ, ସମ୍ବଲପୁର, କେନ୍ଦ୍ରାପଡ଼ା, ଭଦ୍ରକ, ଅନୁଗୁଳ... ଇତ୍ୟାଦି ଅଛନ୍ତି।

ଓଡ଼ିଶାରେ ଗ୍ରାମାଞ୍ଚଳରେ ଅଧିକାଂଶ ଶିଶୁ ଶ୍ରମିକ ଚାଷ କାର୍ଯ୍ୟ, ଘରୋଇ ସେବା, ଜଙ୍ଗଲଜାତ ଦ୍ରବ୍ୟ ସଂଗ୍ରହ କରୁଥିବା ବେଳେ ସହରମାନଙ୍କରେ ହୋଟେଲ, ଗ୍ୟାରେଜ, ଜୋତା ପଲିସ୍, ଦରଜୀ ଦୋକାନ, କାଚ ଗୋଦାମ, ମାଛ ଗୋଦାମ, ତେଜରାତି



ଦୋକାନ ଏବଂ ଘରୋଇ ସେବାରେ ନିୟୋଜିତ ଅଛନ୍ତି। ଏତଦ୍‌ଭିନ୍ନ ବିଡ଼ି ତିଆରି, ଅଗରବତୀ ପ୍ରସ୍ତୁତି, କୋଇଲା ଓ ଲୁହାପଥର ସଂଗ୍ରହ, କବାଡ଼ି ଜିନିଷ ସଂଗ୍ରହ ଇତ୍ୟାଦିରେ ଶିଶୁମାନଙ୍କୁ ନିୟୋଜନ କରାଯାଉଛି। ଏହା ପ୍ରତ୍ୟେକ୍ଷ ବା ପରୋକ୍ଷ ଭାବରେ ଶିଶୁଶ୍ରମିକ ଓ ଶୋଷଣ ଅନ୍ତର୍ଭୁକ୍ତ ଅଟେ। ଏପ୍ରକାର ଶୋଷଣ ପାଇଁ ଆମ ଭିତରେ ଥିବା ପୁଞ୍ଜିପତି ଏବଂ ମୁନାଫାଖୋର ଗୋଷ୍ଠୀଦାୟୀ। ଏଥିପାଇଁ ବର୍ତ୍ତମାନ ‘କ୍ୟାମ୍ପେନ୍ ଏଗେନେଷ୍ଟ ଚାଇଲଡ଼୍ ଲେବର’ ତରଫରୁ ସଂଗ୍ରାମ ଜାରିରହିଛି। ସେହିପରି ବାଳିକା ଶ୍ରମ ନିଷେଦ୍ଧକୁ ସ୍ୱତନ୍ତ୍ର ଆଇନ ଅଛି।

ଶିଶୁଶ୍ରମିକ ପ୍ରଥା ଲୋପପାଇଁ ଖାଲି ଆଇନ ଯଥେଷ୍ଟ ନୁହେଁ। ଏଥିପାଇଁ ସଚେତନତା ସୃଷ୍ଟିଦରକାର ଏବଂ ସର୍ବଶିକ୍ଷା ଅଭିଯାନର ବାସ୍ତବ ରୂପରେଖ ପାଇଁ ଆନ୍ତରିକ ପ୍ରଚେଷ୍ଟା ଦରକାର। ଏ ଦାୟିତ୍ୱ ମୋର, ଆପଣଙ୍କର ଏବଂ ସଭିଙ୍କର।

ଏହା ସତ୍ୟ ଯେ ଶିଶୁହିଁ ଏ ଜାତିର ଭବିଷ୍ୟତ ଏବଂ କର୍ଣ୍ଣଧାର। ତାକୁ ଠିକ୍ ଭାବରେ ଗଢ଼ି ତୋଳିବା ଦାୟିତ୍ୱ ଆମର।

# ଅଳିଆଗଦାରେ ତରକାରୀ ଆଇନ

କୌଣସି ଭୋଜିରେ ଅଥବା ହୋଟେଲ, ରେଷ୍ଟୁରାଣ୍ଟ, କ୍ୟାଣ୍ଟିନ, କ୍ଲବ ଆଦିରେ ଜଣେ ବ୍ୟକ୍ତିଙ୍କୁ ଦୁଇ ପ୍ରକାରରୁ ଅଧିକ ତରକାରୀ ପରସା ଯାଇପାରିବ ନାହିଁ । ଏ ସଂକ୍ରାନ୍ତରେ ଓଡ଼ିଶା ସରକାରଙ୍କ ସ୍ୱତନ୍ତ୍ର ଆଇନଗତ ବ୍ୟବସ୍ଥା ଥିଲେ ମଧ୍ୟ ଏହାକୁ ସରକାରୀକଳ ବି ମାନୁନାହିଁ। ସରକାର ଚଳାଉଥିବା ବ୍ୟକ୍ତିବିଶେଷ ଓ ଉଚ୍ଚ ପଦାଧିକାରୀମାନେ ନିଜ ନିଜର ପଟିଆରା ପାଇଁ ସ୍ଥଳବିଶେଷରେ ୨୦ ପ୍ରକାରରୁ ଅଧିକ ବ୍ୟଞ୍ଜନ ପରିବେଷଣ କରାଉଥିଲେ ମଧ୍ୟ ତାହାକୁ ରୋକାଯାଇ ନଥିବାରୁ ସାଧାରଣ ଲୋକଙ୍କ ଉପରେ ଏହି ଆଇନଗତ ବ୍ୟବସ୍ଥାର ସାମାନ୍ୟ ପ୍ରଭାବ ପଡୁନାହିଁ। ଅତ୍ୟାବଶ୍ୟକୀୟ ସାମଗ୍ରୀ ଆଇନ ଆଧାରରେ ଭାରତ ସରକାରଙ୍କ କୃଷି ମନ୍ତ୍ରାଳୟ ୧୯୭୨ ମସିହାରେ ଏପରି ଏକ ବ୍ୟବସ୍ଥା ପ୍ରଣୟନ କରିଥିଲେ। ଓଡ଼ିଶା ସରକାର ୧୯୭୩ ମସିହାରେ ‘ଓଡ଼ିଶା ଫୁଡ୍ ରେଷ୍ଟ୍ରିକ୍ସନ ଅନ୍ ସର୍ଭିସ ଅଫ୍ ମିଲ୍ସ ବାଇ କ୍ୟାଟରିଙ୍ଗ୍ ଏଷ୍ଟାବ୍ଲିଶମେଣ୍ଟ ଅର୍ଡ଼ର’ ଗେଜେଟ ବିଜ୍ଞପ୍ତିରେ ପ୍ରକାଶ କରିଥିଲେ। ଏହି ଆଇନଗତ ବ୍ୟବସ୍ଥା ଅନୁଯାୟୀ ରାଜ୍ୟ ସରକାରଙ୍କ ଦ୍ୱାରା କ୍ଷମତାପ୍ରାପ୍ତ କୌଣସି ଅଧିକାରୀ କିମ୍ବା ଇନ୍‌ସପେକ୍ଟର ଓ ତଦୂର୍ଦ୍ଧ୍ୱ ପାହ୍ୟାର କୌଣସି ପୋଲିସ୍ ଅଧିକାରୀ ଦୁଇରୁ ଅଧିକ ବ୍ୟଞ୍ଜନ ପରସା ଯାଉଥିବା ଭୋଜି କ୍ଲବ, ହୋଟେଲ, କ୍ୟାଟରିଙ୍ଗ ସଂସ୍ଥା ଆଦି ଉପରେ ଚଢ଼ାଉ କରି ରନ୍ଧା ହୋଇଥିବା ସାମଗ୍ରୀ ଓ ରନ୍ଧନପାତ୍ର ଆଦିକୁ ଜବତ କରିବା ସହିତ ବ୍ୟବସ୍ଥାର ଉଲ୍ଲଂଘନ କରିଥିବା ବ୍ୟକ୍ତିଙ୍କୁ ଜେରା କରିପାରିବେ। କ୍ରିମିନାଲ ପ୍ରୋସିଡିଓର କୋଡ଼ରେ ଥିବା ବିଭିନ୍ନ ଧାରା ଅନୁଯାୟୀ ଖିଲାପକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ହୋଇପାରେ ବୋଲି ଆଇନଗତ ବ୍ୟବସ୍ଥା ଅଛି। କେବଳ ଖାଦ୍ୟ ଯୋଗାଣକାରୀ ସଂସ୍ଥା ନୁହନ୍ତି, କୌଣସି ବ୍ୟକ୍ତି ଦୁଇରୁ ଅଧିକ ତରକାରୀ ଖାଇବାକୁ ନେଇପାରିବେ ନାହିଁ। ପ୍ରମୁଖ ଖାଦ୍ୟ ହିସାବରେ ଭାତ, ଡାଲି, ଚପାତି, ପରଟା, ପୁରି, ଲୁଚି ଆଦି ସହିତ ମାଛ, ମାଂସ କିମ୍ବା ପରିବାରେ ପ୍ରସ୍ତୁତ ଗୋଟିଏ ତରକାରୀ ଏବଂ ତାହାର ସହଯୋଗୀ ଭାବେ ପରିବା, ଅଣ୍ଡା, ମିଠା ଆଦିରେ ତିଆରି ଆଉ ଗୋଟିକୁ ବ୍ୟବହାର କରିପାରିବେ । ତେବେ ଏହି ତରକାରୀ ବ୍ୟତିତ ସୁପ, ବିସ୍କୁଟ, ଜାମ୍, ଜୁସ୍, ଭଜା, ପାମ୍ପଡ଼, ଚଟଣୀ, ଖଟା, ରାଇତା, ପିଆଜ, ଘିଅ, ଲହୁଣି, ଦହି, ଛେନା, ଦୁଗ୍ଧ, କଷ୍ଟାଡ଼ ଆଦି ସେବନ କରାଯାଇପାରିବ। ଖାଦ୍ୟ କଟକଣା ପାଇଁ ଆଇନରେ ଏହି ବ୍ୟବସ୍ଥା ଥିବାବେଳେ ଏବେ ସମ୍ଭ୍ରାନ୍ତ ଲୋକମାନଙ୍କର ବାହାଘର ଭୋଜିରେ ଆଠ ଦଶପ୍ରକାରର ଆମିଷ ଓ ଅନେକ କିସମର ନିରାମିଷ ବ୍ୟଞ୍ଜନ ପରସା ଯାଉଛି। ଯେଉଁମାନେ ଏହାକୁ ଜଗିବା କଥା ସେମାନେ ଭୋଜିଭାତ ଖାଇବା ସଙ୍ଗେ ସଙ୍ଗେ ସେଠାରେ ଆପ୍ୟାୟିତ ହେଉଥିବା ବିଶିଷ୍ଟ ଅତିଥିମାନଙ୍କ ନିରାପତ୍ତା କଥା ଦେଖୁଛନ୍ତି। ବିଦେଶରୁ ଆସୁଥିବା କୂଟନୈତିକ ଅତିଥିମାନଙ୍କୁ ଆପ୍ୟାୟିତ କରିବା ଲାଗି ଆୟୋଜିତ ନୈଶ୍ୟଭୋଜି ପାଇଁ ଏହି ଆଇନଗତ କଟକଣା ଲାଗୁନାହିଁ। ଓଡ଼ିଶା ସରକାର ସହରକୁ ଆସୁଥିବା ଦୂରଦୂରାନ୍ତର ସାଧାରଣ ଲୋକଙ୍କ ପାଇଁ ପାଞ୍ଚ ଟଙ୍କିଆ ଆହାର ଯୋଜନା ପ୍ରଣୟନ କରିଥିଲେ ବି ଏଥିରେ କିନ୍ତୁ ଅବ୍ୟବସ୍ଥା ଦେଖାଯାଉଛି। ଓଡ଼ିଶା ପରି ଅଭାବୀ ଓ ଗରିବ ରାଜ୍ୟରେ ଦିନରେ ଥରେ ମାତ୍ର ଖାଇବାକୁ ସକ୍ଷମ ନଥିବା ଅନେକ ଲୋକ ରହିଥିବାବେଳେ ସରକାରଙ୍କ ପ୍ରଣୀତ ବ୍ୟବସ୍ଥିତ ତରକାରୀ ଆଇନ ଅଳିଆଗଦାରେ ପଡ଼ିଛି। ଇଆଡ଼େ ଭୋଜି ପରଦିନ କୁଢ଼ କୁଢ଼ ବଳିଯାଇଥିବା ବା ଅତିଥିମାନେ ଛାଡ଼ିଥିବା ଅଇଁଠା ଖାଦ୍ୟ ଆବର୍ଜନା ପରିବେଶ ସୃଷ୍ଟି ମଧ୍ୟ କରୁଛି। ପରିବେଶ ପ୍ରଦୂଷଣ ହେଉଥିଲେ ବି ସମସ୍ତେ କିନ୍ତୁ ବେଫିକର। କଥା ହେଉଛି ତଥାକଥିତ ବଡ଼ବଡ଼ିଆମାନେ ନିଜର ଆତ୍ମସମୀକ୍ଷା ନକଲେ ଇଏ ଏକ ପ୍ରହସନ ହୋଇ ଯାହା ରହିବ।

# ‘ମର୍ତ୍ତ୍ୟ ମଣ୍ଡଳେ ଦେହ ବହି...’

ଏହି ଅନିତ୍ୟ ସଂସାରରେ ଜନ୍ମ ନେଲେ ଯିବାକୁ ହିଁ ହୁଏ ଦିନେ। ବାସ୍ତବରେ ଯିବାଟା ହିଁ ସତ୍ୟ। ଯାହା ପ୍ରମାଣ କରେ ପୁଣିଥରେ ଆସିବାକୁ। ମାତ୍ର ଯେଉଁମାନେ ପରମପୁରୁଷ ଭଗବତ କୃପାଭିକ୍ଷୁ ଓ ସେବକ ସେମାନେ ଆପଣାର ସ୍ମୃତିର ପଦଚିହ୍ନ ଛାଡ଼ି ଯାଇଥାନ୍ତି ପରବର୍ତ୍ତୀ ସମୟର ଜନମାନସ ପାଇଁ। ସତ୍ୟ, ନ୍ୟାୟ ଓ ତ୍ୟାଗର କ୍ଷୁରଧାରକୁ ଅହର୍ନିଶ ପରୀକ୍ଷା କରୁଥିବା, ଜୀବନ ଯନ୍ତ୍ରଣାରେ ବେଦନାବିଦ୍ଧ ହୋଇ ପରପାଇଁ ସୁଖର ହସ ବାଣ୍ଟୁଥିବା ଜଣେ ସେହିପରି ଅବିସ୍ମରଣୀୟ ବ୍ୟକ୍ତିତ୍ୱ ଥିଲେ ଏହି ପରୋପକାରୀ ଆଧ୍ୟାତ୍ମିକ ସମାଜ ସେବିକା ସ୍ୱର୍ଗତାଃ ରୁକ୍ମଣୀ ଦେବୀ। ତାଙ୍କ ଜୀବନଟା ଥିଲା ଆମ ସମସ୍ତଙ୍କ ପାଇଁ ପ୍ରେରଣାର ଉତ୍ସ। ଏକ ବଡ଼ ଯୌଥ ପରିବାରରେ ଜନ୍ମ ହୋଇ ଦାୟିତ୍ୱ ନିର୍ବାହ କରି ଗରିବ, ଅନାଥ, ଅସହାୟ ଝିଅ ଓ ମହିଳା ମାନଙ୍କ ପାଇଁ ତାଙ୍କ ଜୀବନର ଶେଷ ନିଶ୍ୱାସ ହିଁ କାନ୍ଦୁଥିଲା। ସେ ଥିଲେ ମୋ ଆଧ୍ୟାତ୍ମିକ ସମାଜ ସେବାର ଉତ୍ସ ରୁକ୍ମଣୀ ମାଆ। ପିଲାବେଳର ସ୍ମୃତି ମନେପଡ଼ିଗଲା ବେଳେ ଭାବେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ତତ୍ତ୍ୱଜ୍ଞାନ ଯାହା ଥିଲା ସବୁବେଳେ ପ୍ରେରଣା, ସମାଜ ସେବା ହିଁ ବଡ଼ ଉତ୍ସ। ନିଜ ଜୀବନରେ ସେ କେବେ ନିଜର ସମାଜ ସେବାକୁ ପ୍ରଚାର ପ୍ରସାର ଚାହୁଁ ନଥିଲେ ଏବଂ ସଂଯୋଗ ବଶତଃ ମହାପ୍ରଭୁ ଶ୍ରୀଜଗନ୍ନାଥ ହାତଛନ୍ଦି ଥିଲେ ମୋ ଜୀବନ ସାଥି ଉଦୟ କୁମାର ଦାସଙ୍କ ସହିତ। ଯିଏ କି ଆଧ୍ୟାତ୍ମିକ ସମାଜ ସେବା ପାଇଁ ବଡ଼ ପ୍ରେରଣାର ଉତ୍ସ। ଶାସ୍ତ୍ରରେ ନାରୀମାନଙ୍କୁ ସପ୍ତ ସଦ୍‌ଗୁଣର ଅଧିକାରିଣୀ ବୋଲି କୁହାଯାଇଛି। ସତ୍ୟ, ପ୍ରେମ, ଧର୍ମ, ଶାନ୍ତି, ସହନ, ଆନନ୍ଦ ଓ ସ୍ୱାନୁଭୂତି। ସେ ଘରର ସ୍ତ୍ରୀ, ଯେ କି ଘରର ସୁନାମର ଆଧାର। ସେହିପରି ରାଜ୍ୟ ଦେଶ, ଏପରିକି ବିଶ୍ୱର ମର୍ଯ୍ୟାଦା ରକ୍ଷାରେ ନାରୀମାନଙ୍କର ମୁଖ୍ୟ ଭୂମିକା ରହିଛି। ଘର ଭିତରେ ନାରୀକୁ ଗୃହଲକ୍ଷ୍ମୀର ଉଚ୍ଚ ମର୍ଯ୍ୟାଦା ଦିଆଯାଇଛି। ପତି ଅସୁବିଧାର ସମ୍ମୁଖୀନ ହେବା ବେଳେ ପତ୍ନୀ ସଙ୍ଗେ ସଙ୍ଗେ ତାଙ୍କ ଦୁଃଖରେ ଭାଗୀ ହୁଏ ଏବଂ ପତି ତଥା ପରିବାରର କଲ୍ୟାଣ ପାଇଁ ଯେ କୌଣସି କାର୍ଯ୍ୟ କରିବାକୁ ଯେ କୌଣସି ଦୁର୍ଦ୍ଦଶା ଭୋଗିବାକୁ ଏପରିକି ନିଜର ଜୀବନ ତ୍ୟାଗ କରିବାକୁ ପ୍ରସ୍ତୁତ ଥାଏ। ଘରଣୀ ହିଁ ଘରର ସୁନାମ ପଛରେ ଥାଏ। ନାରୀ ତ୍ୟାଗସ୍ୱରୂପିଣୀ ଅଟେ। ପୁରୁଷ ତ୍ୟାଗ କରୁଥିଲେ ବି ସେଥିରେ ସ୍ୱାର୍ଥଭାବନା ଥାଏ, କିନ୍ତୁ ନାରୀର ତ୍ୟାଗ ପୁରାପୁରି ନିଃସ୍ୱାର୍ଥପର। ସେଥିପାଇଁ ଆମେ ଆମର ନାରୀମାନଙ୍କ ପାଇଁ ଗର୍ବ କରିବା ଉଚିତ।

ବ୍ରହ୍ମବୈବର୍ତ୍ତ ପୁରାଣରେ ବର୍ଣ୍ଣିତ ଅଛି– ‘ଜଗତ ମାତା ଚ ପ୍ରକୃତିଃ ପୁରୁଷଶ୍ଚ ଜଗତ ପିତା। ଗରିୟସୀ ଜଗତାଂ ମାତା, ମାତା ଶତଗୁଣଂ ପିତା।।’ ଅର୍ଥାତ୍ ଜଗତର ଜନ୍ମଦାତ୍ରୀ ହେଉଛନ୍ତି ମାତା। ଜଗତର ପାଳନ ବା ରକ୍ଷାକର୍ତ୍ତା ହେଉଛନ୍ତି ପୁରୁଷ। ସୁତରାଂ ଜନ୍ମଦାତ୍ରୀ ବା ଜଗତର ମାତା, ପିତାଙ୍କ ଠାରୁ ଶହେଗୁଣ ଅଧିକ ଶ୍ରେଷ୍ଠ। ନାରୀଙ୍କ ସ୍ଥାନ ସର୍ବଦା ଆଗରେ। ନାରୀକୁ ପ୍ରଥମ ସ୍ଥାନ ଦିଆଯାଇଛି। ଆଦି ମହୀୟସୀ ମହିଳାମାନେ ନିଜ ନିଜ କ୍ଷେତ୍ରରେ ସେମାନଙ୍କର କାର୍ଯ୍ୟଦକ୍ଷତା ଓ ଅଦମ୍ୟ ଶକ୍ତିର ପରାକାଷ୍ଠା ପ୍ରତିପାଦନ କରି କାଳଜୟୀ ହୋଇପାରିଛନ୍ତି। ନାରୀ ପୁରୁଷଙ୍କଠାରୁ କୌଣସି ଗୁଣରେ କମ ନୁହଁନ୍ତି। ନାରୀ ବିନା ଏ ସୃଷ୍ଟି ସମ୍ଭବ ନୁହେଁ। ନାରୀ ବିନା ସଂସାର କଳ୍ପନା ବୃଥା। ନାରୀ ବିନା ପୁରୁଷ ସମ୍ପୂର୍ଣ୍ଣ ହୋଇପାରେନା। ନର, ନାରୀ ଏକ ରଥର ଦୁଇ ଚକ। ଏକ ଶରୀରର ଦୁଇପାଦ। ଏକ ମୁଖର ଦୁଇ ନେତ୍ର। ଜଣକ ବିନା ଅନ୍ୟଟି ଅସମ୍ପୂର୍ଣ୍ଣ। ତେଣୁ ନାରୀକୁ ପୁରୁଷର ଅର୍ଦ୍ଧାଙ୍ଗିନୀ କୁହାଯାଏ। ଭାରତୀୟ ସଂସ୍କୃତି ଓ ଧର୍ମରେ ନାରୀକୁ ଆବହମନ କାଳରୁ ପୁରୁଷର ଏକ ଓ ଅବିଚ୍ଛିନ୍ନ ଅଙ୍ଗରୂପେ ସ୍ୱୀକାର କରାଯାଇଛି। ପତ୍ନୀ ବିନା ପତିର କୌଣସି ଧର୍ମକାର୍ଯ୍ୟ, ଯଜ୍ଞାଦି କର୍ମ ସଫଳ ହୁଏନା। ତେଣୁ ତ୍ରୈତ୍ତରୀୟ ପୁରାଣରେ ବର୍ଣ୍ଣିତ ଅଛି – ‘ଅୟଜ୍ଞୋ ବା ଏଷ ପୋ ପତ୍ନୀକଃ।। ଅର୍ଥାତ୍ ଯିଏ ଅପତ୍ନୀକ, ତାର ଯଜ୍ଞପୂର୍ଣ୍ଣ ହୁଏନା। ପତ୍ନୀ ବିନା ଯଜ୍ଞ ଅସମ୍ଭବ ବା ଅପୂର୍ଣ୍ଣ ରହେ। ନାରୀ ସର୍ବଦା କଲ୍ୟାଣକାରୀ। ସେ ପୂଜ୍ୟା। ଗୃହର ଦୀପ୍ତି। ନାରୀ ଧର୍ମକାର୍ଯ୍ୟର ସହାୟିକା ଅଟନ୍ତି। କୁହାଯାଏ – ଦାରାଧିନ ସ୍ତଥା ସ୍ୱର୍ଗଃ... ଅର୍ଥାତ୍ ସ୍ୱର୍ଗ ସ୍ତ୍ରୀର ଅଧିନ ଅଟେ। ମନୁ ସଂହିତାରେ ବର୍ଣ୍ଣିତ ଅଛି – ‘ଯତ୍ର ନାର୍ଯ୍ୟସ୍ତୁ ପୂଜ୍ୟନ୍ତେ ରମନ୍ତେ ତତ୍ର ଦେବତାଃ, ଯତ୍ରୈତାସ୍ତୁ ନ ପୂଜ୍ୟନ୍ତେ ସର୍ବାସ୍ତତ୍ରା ଫଳାଃ କ୍ରିୟାଃ।।’ ଯେଉଁ ଗୃହରେ ନାରୀକୁ ସମ୍ମାନ ଦିଆଯାଏ, ସେଠାରେ ଦେବ ବାସ କରନ୍ତି। ଯେଉଁଠାରେ ତା'ର ତିରସ୍କାର ହୁଏ, ସେଠାରେ ସମସ୍ତ କାର୍ଯ୍ୟ ନିଷ୍ଫଳ ହୁଏ। ଜୀବନକାଳ ଭିତରେ ସବୁବେଳେ ସମାଜ ସେବା ଓ ଆଧ୍ୟାତ୍ମିକତା ଭିତରେ ଜୀବନ ନିର୍ବାହ କରିଥିବା ଏପରି କ୍ୱଚିତ ମହିଳାଙ୍କ ଜୀବନ ଆମ ପାଇଁ ପ୍ରେରଣାର ଉତ୍ସ।

ନାରୀମାନଙ୍କୁ ଅଷ୍ଟୈଶ୍ୱର୍ଯ୍ୟ ସ୍ୱରୂପିଣୀ ବୋଲି କୁହାଯାଇଛି। ସେଥିପାଇଁ ଆମ ସଂସ୍କୃତିରେ ପିତା, ଗୁରୁ ଓ ଭଗବାନଙ୍କ ଅପେକ୍ଷା ମାତାଙ୍କୁ ସର୍ବୋଚ୍ଚ ସ୍ଥାନ ଦିଆଯାଉଛି। ଯଥାର୍ଥରେ କୁହାଯାଇଛି ‘ଯତ୍ର ନାର୍ଯ୍ୟାସ୍ତୁ ପୂଜ୍ୟନ୍ତେ ତତ୍ର ରମନ୍ତେ ସର୍ବ ଦେବତା’। ତେଣୁ ଉପନିଷଦରେ ବର୍ଣ୍ଣନା ଅଛି – ନାରୀମାନେ ଲକ୍ଷ୍ମୀ ସ୍ୱରୂପିଣୀ ହୋଇଥିବା ଯୋଗୁଁ ସେମାନଙ୍କୁ ସମ୍ମାନିତା କରାଯିବା ବେଳେ ହିଁ ପୃଥିବୀ ସମୃଦ୍ଧିଲାଭ କରିପାରିବ। ତୁମେ ଏହା ନିଜେ ଦେଖିପାରିବ ଯେଉଁଠାରେ ସଚ୍ଚରିତ୍ରା ନାରୀମାନେ ଥାଆନ୍ତି ସେଠାରେ ତୁମେ ସମସ୍ତ ସମୃଦ୍ଧି ପାଇପାରିବ। ତୁମେ ସମସ୍ତେ ଜାଣିଛ ଯେ ବିଶ୍ୱଯୁଦ୍ଧ ସମୟରେ ଅନେକ ଦେଶ କ୍ଷତିଗ୍ରସ୍ତ ହେଲେ। ଭାରତ ଯଦି ଅକ୍ଷୁର୍ଣ୍ଣ ରହିପାରିଲା, ତାହାର କାରଣ ହେଉଛି କେବଳ ସଚ୍ଚରିତ୍ରା ନାରୀମାନଙ୍କ ଉପସ୍ଥିତି। ଭାରତ ନିଜର ମହାନତା ଓ ଗାରିମା ପାଇଁ ନାରୀମାନଙ୍କ ନିକଟରେ ସମ୍ପୂର୍ଣ୍ଣ ଋଣୀ। ତେଣୁ ନାରୀ ମାନଙ୍କୁ ସମ୍ମାନ କର ଏବଂ ସେମାନଙ୍କୁ ସୁଖୀ କର। ଅତୀତ ହେଉ, ବର୍ତ୍ତମାନ ହେଉ ବା ଭବିଷ୍ୟତ ହେଉ ସର୍ବକାଳରେ ନାରୀ ହିଁ ପ୍ରଗତିର ମେରୁଦଣ୍ଡ, ଦେଶ ଓ ଜାତିର ହୃତ୍‌ପିଣ୍ଡ ଓ ପ୍ରାଣବାୟୁ ସଦୃଶ। ଭାରତର ମହାନ ସଂସ୍କୃତିର ସୁରକ୍ଷା କ୍ଷେତ୍ରରେ ନାରୀ ମାନଙ୍କର ଦାନ ଅତୁଳନୀୟ। ବୈଦିକ ଯୁଗରୁ ବର୍ତ୍ତମାନ ପର୍ଯ୍ୟନ୍ତ ନାରୀମାନେ ହିଁ ଭାରତୀୟ ସଂସ୍କୃତିର ସଂରକ୍ଷକ ଓ କର୍ଣ୍ଣଧାର ହୋଇ ଆସିଛନ୍ତି। ଆମ ଜନ୍ମଭୂମି ଭାରତରେ ଅମୃତୋପମ ଭାବ ହେଉଛି ନିଜର ମାତାଙ୍କ ପ୍ରତି ପ୍ରେମ। ଉତ୍ତମ ଚରିତ୍ର ହିଁ ପ୍ରକୃତ ସୌନ୍ଦର୍ଯ୍ୟ, ନୈତିକତା ନାରୀର ପ୍ରାଣବାୟୁ, ଲଜ୍ଜ୍ୟା ତା'ର ଜୀବନୀ ଶକ୍ତି ଓ କଠୋର ସତ୍ୟାନୁସରଣ ହିଁ ତା'ର ପ୍ରତିଦିନର କର୍ତ୍ତବ୍ୟ।

# ରେମୁଣା ସମ୍ବାଦ ସାହିତ୍ୟ ଘର ପକ୍ଷରୁ ସ୍ୱାଭିମାନ ଦିବସ



ବାଲେଶ୍ୱର (ପିଏନ୍)- ରେମୁଣା ସମ୍ବାଦ ସାହିତ୍ୟ ଘର ଆନୁକୂଲ୍ୟରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୟନ୍ତୀରେ ସ୍ୱାଭିମାନ ଦିବସ ସତ୍ୟବତୀ ନଗର ସମ୍ବାଦ କାର୍ଯ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସାହିତ୍ୟ ଘର ସଭାପତି ଡ. ଭାଗବତ ପ୍ରସାଦ ଦାସଙ୍କ ପୌରହିତ୍ୟରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି କ୍ଷୀରଚରା ଗୋପୀନାଥ ମନ୍ଦିର ନିର୍ବାହି ଅଧିକାରୀ ସରୋଜ କୁମାର ବେହେରା, ମୁଖ୍ୟ ବକ୍ତା ବାଲେଶ୍ୱର ଓକିଲ ସଂଘର ସଭାପତି ମନୋଜ କୁମାର ନାୟକ, ସମ୍ମାନିତ ଅତିଥି ଅବସର ପ୍ରାପ୍ତ ଅଧ୍ୟକ୍ଷ ଡ. ଶ୍ୟାମସୁନ୍ଦର ପଣ୍ଡା, ଆଇନ ଜିବୀ ମାୟାଧର ମାହାର୍ଣ୍ଣା, ସାହିତ୍ୟକ ବିଧାନ ଚନ୍ଦ୍ର ରାୟ, ଶିକ୍ଷାବିତ୍ ବିଷ୍ଣୁପଦ ପଣ୍ଡା, ସଂଗୀତ ଗୁରୁ ଗଙ୍ଗାଧର ସେଠୀ, ଡ. ସତ୍ୟରଞ୍ଜନ ଦାସ, କବି ନିରଞ୍ଜନ ସାହୁ, ଶିକ୍ଷାବିତ୍ ବୃନ୍ଦାବନ ବେହେରା, ଦିନବନ୍ଧୁ ଦାସ, କବି ଗଙ୍ଗାଧର ଦାସ ପ୍ରମୁଖ ଯୋଗ ଦେଇ କୁଳବୃଦ୍ଧ ଜାତିପ୍ରାଣ ମଧୁବାବୁଙ୍କ ତ୍ୟାଗପୁତ ଜୀବନର ମହନୀୟ ଗୁଣାବଳୀ ଆଲୋଚନା କରି ତାଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ପରାମର୍ଶ ଦେଇଥିଲେ। ସଂଯୋଜକ ସାମ୍ବାଦିକ ଗୋବିନ୍ଦ ଚନ୍ଦ୍ର ପାଢ଼ୀ ସ୍ୱାଭିମାନ ଦିବସର ଆଭିମୁଖ୍ୟ ଓ ଆମ ଓଡ଼ିଶା ସମ୍ବାଦ ସାହିତ୍ୟ ଘରର କାର୍ଯ୍ୟଧାରା ସଂପର୍କରେ ଆଲୋକପାତ କରି ସମସ୍ତଙ୍କୁ ସ୍ୱାଗତ ଜଣାଇଥିଲେ। କବୟିତ୍ରୀ ସତ୍ୟଭାମା ମୁଦଲି ମଧୁବାବୁଙ୍କ ଆବାହନୀ ଓ ଉଦ୍‌ଯାପନୀ ସଂଗୀତ ଗାନ କରିଥିଲେ। ଦ୍ୱିତୀୟ ଅଧିବେଶନରେ କବି ରବୀନ୍ଦ୍ର କୁମାର ବିଶ୍ୱାଳ, କବି ମଧୁସୂଦନ ପାଢ଼ୀ ଓ କୁମାରୀ ଇପ୍ସିତା ସ୍ୱାଇଁ ସଂଯୋଜନାରେ ମଧୁସୂଦନଙ୍କ ଜୀବନୀ ଆଧାରିତ ଓ ସ୍ୱାଭିମାନ ସଂପର୍କିତ ଏକ ମନୋଜ୍ଞ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ୟଙ୍ଗ କବି ପ୍ରଭାକର ସାହୁ, ଯୋଗେଶ ଚନ୍ଦ୍ର ବେହେରା, ଗର୍ଗପଦ ପଣ୍ଡା, ହରେକୃଷ୍ଣ ଗିରି, ସୀତାନାଥ ଦାସ, ମିନତୀ ପାତ୍ର, ଡ. ରତ୍ନାକର ସିଂହ, ନିରଞ୍ଜନ ବେହେରା, ପ୍ରଦୀପ କୁମାର ଉପାଧ୍ୟାୟ, ଷ୍ଟାଲିନ ମିଶ୍ର, ଦିବେନ୍ଦୁ ମଲ୍ଲିକ, କଞ୍ଚମଣି ସ୍ୱାଇଁ, ବାବୁଲି ନାୟକ, ସଇଦନ ବିବି, ଦୁଶମନ୍ତ ଦାସ, କବି ଚକ୍ରଧର ଦାସ, ସତ୍ୟ ନାରାୟଣ ପାକଳ, ନିରଞ୍ଜନ ମାହାର୍ଣ୍ଣା, ଜିତେନ୍ଦ୍ର କୁମାର ଘୋଷାଲ, ସଂଜୟ କୁମାର ପ୍ରଧାନ, ଯତିନ୍ଦ୍ରନାଥ ଜେନା, ରଶ୍ମିବାଳା ଦାସ, ଚକ୍ରଧର ଦାସ, ରାଧାରଞ୍ଜନ ଦାସ, ଇଶ୍ୱର ଚନ୍ଦ୍ର ବେହେରା, ବ୍ୟଙ୍ଗ କବି ପଦ୍ମଲୋଚନ ପ୍ରଧାନ, କାଳୀଚରଣ ବିନ୍ଧାଣୀ ପ୍ରମୁଖ ସ୍ୱରଚିତ କବିତା ପାଠ କରିଥିଲେ। କାର୍ଯ୍ୟକ୍ରମ ପରିଚାଳନାରେ ଇଂ ମାନସ କୁମାର ପାଢ଼ୀ, ବାବୁଲା ନାୟକ, କମଳା ନାୟକ ଙ୍କ ସମେତ ସାହିତ୍ୟ ଘରର ସଦସ୍ୟ ଓ ସଦସ୍ୟା ମାନେ ସହାୟତା କରିଥିଲେ। ଶେଷରେ କୋଷାଧ୍ୟକ୍ଷ ରମେଶ ଚନ୍ଦ୍ର ମହାରଣା ଧନ୍ୟବାଦ ଦେଇଥିଲେ।

# ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଅନୁଷ୍ଠିତ

କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡା ଜିଲ୍ଲାପାଳ ଅମୃତ ଋତୁରାଜଙ୍କ ପୌରୋହିତ୍ୟରେ ଜିଲ୍ଲା ଉପଭୋକ୍ତା ସୁରକ୍ଷା ପରିଷଦ ବୈଠକ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲା ଖାଉଟି ସୁରକ୍ଷା ପରିଷଦର ଅଧିକାରୀ ତଥା ଅତିରିକ୍ତ ଜିଲ୍ଲାପାଳ ପିତାମ୍ବର ସାମଲ, ଉପଜିଲ୍ଲାପାଳ ନିରଞ୍ଜନ ବେହେରା, ଖାଉଟି ସୁରକ୍ଷା ପରିଷଦର ସଭାପତି, କେନ୍ଦ୍ରାପଡା ବିଧାୟକଙ୍କ ପ୍ରତିନିଧି, ପାଟକୁରା ବିଧାୟିକାଙ୍କ ପ୍ରତିନିଧି, ରାଜନଗର ବିଧାୟକଙ୍କ ପ୍ରତିନିଧି, କେନ୍ଦ୍ରାପଡା, ମହାକାଳପଡା, ଗରଦପୁର ବ୍ଲକ ଅଧ୍ୟକ୍ଷ, କେନ୍ଦ୍ରାପଡା ପୌରପରିଷଦର ଅଧ୍ୟକ୍ଷା, ମାପଯନ୍ତ୍ର ଓ ବଜାର ନିୟନ୍ତ୍ରଣର ଜିଲ୍ଲା ଓ ରାଜ୍ୟ ସ୍ତରୀୟ ଅଧିକାରୀ ଓ ଉପଭୋକ୍ତାମାନେ ଉପସ୍ଥିତ ରହି ଉକ୍ତ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ପ୍ରାରମ୍ଭରେ ବୈଠକର ଆବାହକ ତଥା ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଖାଉଟି ସୁରକ୍ଷା ସମ୍ପର୍କରେ ବିଶେଷ ବିବରଣୀ ପ୍ରଦାନ କରିଥିଲେ। ଏଥିରେ ଖାଉଟି ସୁରକ୍ଷା ସଭାପତି ପ୍ରବୋଧ କୁମାର ଦାଶ କିପରି ଖାଉଟିଙ୍କ ସୁରକ୍ଷା ନିମନ୍ତେ ଜିଲ୍ଲା, ରାଜ୍ୟ ଓ କେନ୍ଦ୍ର ସ୍ତରରେ କମିଶନମାନ ଗଠନ କରାଯାଇଛି ଏବଂ ଜଣେ ସାଧାରଣ ଖାଉଟି ଏହାର ସଦୁପଯୋଗ କରି ନିଜର ହକ ପ୍ରାପ୍ତ କରିପାରିବ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ଏଥିସହ ସେ ଜଣେ ବୋଲେରୋ ହିତାଧିକାରୀ କିପରି ତାଙ୍କ ଗାଡିର ଚେଚିସ ଖରାପ ହୋଇଯିବାରୁ ସେ ମହିନ୍ଦ୍ରା କମ୍ପାନୀ ଠାରୁ ତାଙ୍କର କ୍ଷତିପୂରଣ ପାଇପାରିଲେ ଏକ ସୁନ୍ଦର ଉଦାହରଣ ମାଧ୍ୟମରେ ଘଟଣା ସମ୍ପର୍କରେ ବର୍ଣ୍ଣନା କରିଥିଲେ। ଏହା ପରେ ଓଜନ ଓ ମାପଯନ୍ତ୍ରର ଅଧିକାରୀ କିପରି ଭାବରେ ଜଣେ ହିତାଧିକାରୀ ହାତ ମାପ ଯନ୍ତ୍ର ଓ ଯାନ୍ତ୍ରିକ ମାପ ଯନ୍ତ୍ରର ଅନୀୟମୀତତାର ଠକାମିରେ ଶିକାର ନହେବ ସେ ବିଷୟରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରିଥିଲେ।

PARYABEKHYAK




# ୨୧ ନଭେମ୍ବରେ ଆଶାକର୍ମୀଙ୍କ ଆନ୍ଦୋଳନ ଡାକରା

କେନ୍ଦ୍ରାପଡ଼ା,(ପି.ଏନ): ନିଖିଳ ଓଡିଶା ଆଶାକର୍ମୀ ସଙ୍ଘ, କେନ୍ଦ୍ରାପଡା ଜିଲ୍ଲା କମିଟିର ଏକ ବୈଠକ ଗୋପଛକ ନିକଟରେ ସାଥି ବିକାଶ ଚନ୍ଦ୍ର ବେଉରାଙ୍କ ସଭାପତିତ୍ୱରେ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ପ୍ରାରମ୍ଭରେ ମହାକାଳପଡା ସିଏଚସି ସଭାପତି ସାଥି ରଞ୍ଜୁ ବେହେରା ଶୋକ ପ୍ରସ୍ତାବ ଆଗତ କରିଥିଲେ। ଏହାପରେ ଜିଲ୍ଲା ସମ୍ପାଦିକା ସାଥି କାନ୍ତିପ୍ରଭା ନାୟକ ବିଗତ କାର୍ଯ୍ୟକ୍ରମର ବିବରଣୀ ପ୍ରଦାନ ସହିତ ଆଗାମୀ କାର୍ଯ୍ୟକ୍ରମ ପାଇଁ ପ୍ରସ୍ତାବ ଆଗତ କରିଥିଲେ। ଏଆଇଟିୟୁସି ନେତା ସାଥି ରମଣୀରଞ୍ଜନ ରାଉତରାୟ ତୁରନ୍ତ ନୂତନ ସରକାର ଆଶାକର୍ମୀଙ୍କ ଦୁଃଖ ଶୁଣି ସେମାନଙ୍କ ପାରିଶ୍ରମିକ ବୃଦ୍ଧି କରିବା, କାର୍ଯ୍ୟ ସମୟରେ ମୃତ୍ୟୁବରଣ କଲେ ସେମାନଙ୍କ ପରିବାରରୁ ଜଣଙ୍କୁ ନିଯୁକ୍ତି ଦେବା, ନର୍ସିଂହୋମରେ ପ୍ରସବ ହେଲେ ସେମାନଙ୍କୁ ପାରିଶ୍ରମିକ ପ୍ରଦାନ କରାଯିବା, ଜେଏସୱାଇ ୩ଶହ ଟଙ୍କା ବଦଳରେ ଏକ ହଜାର ପ୍ରଦାନ କରାଯିବା, ଆଶାଗୃହରେ ଦିନକୁ ୨ଶହ ଟଙ୍କା ପରିବର୍ତ୍ତେ ୫ଶହ ଟଙ୍କା ଦିଆଯିବା, ମମତା ଦିବସରେ ଦିନକୁ ୨ଶହ ବଦଳରେ ୫ଶହ ଟଙ୍କା ଦିଆଯିବା, ଟୀକାକରଣରେ ଆଶାକର୍ମୀମାନଙ୍କୁ ୭୫ଟଙ୍କା ବଦଳରେ ଏକହଜାର ଟଙ୍କା ପ୍ରଦାନ କରାଯିବା, ପ୍ରତି କାର୍ଯ୍ୟ ପାଇଁ ଆଶାକର୍ମୀମାନଙ୍କୁ ରେଜିଷ୍ଟର ଯୋଗାଇ ଦିଆଯିବା ପ୍ରଭୃତି ବିଷୟ ଉପରେ ଆଲୋଚନା କରିବା ସହ ସରକାରଙ୍କ ନିକଟରେ ଦାବି କରିଥିଲେ। ଏହି ବୈଠକରେ ଜିଲ୍ଲା ଉପସଭାପତି ସାଥି ଭଜହରି ପ୍ରଧାନ, ଏଆଇଟିୟୁସି ନେତା ଅଜୟ ସାମଲ, ଅକ୍ଷୟ ମଲ୍ଲିକ, ଇନ୍ଦୁପୁର ସିଏଚସି ଉପସଭାପତି ଜୟନ୍ତୀ ବାରିକ, ଜିଲ୍ଲା କୋଷାଧ୍ୟକ୍ଷ ନନ୍ଦିନୀ ସ୍ୱାଇଁ, ମାର୍ଶାଘାଇ ସିଏଚସି ସମ୍ପାଦିକା ନମିତା ଦାସ, ରାଜନଗର ସିଏଚସିର କବିତା ରାଉତ, ଉପସଭାପତି ବିଜୟାଲକ୍ଷ୍ମୀ, ରାଜକନିକା ସମ୍ପାଦିକା କବିତା ସାମଲ, ମିନତୀ ସାମଲ, ପଟ୍ଟାମୁଣ୍ଡାଇ ସିଏଚସି ନୟନା ନନ୍ଦୀ, ଗରଦପୁର ସିଏଚସି ସଭାପତି ସୁମିତ୍ରା ଜେନା, ଜିଲ୍ଲା ଉପସଭାପତି ରୀନାରାଣୀ ଦାସ, ମାନିନୀ ମଳିକ, ସସ୍ମିତା ବାରିକ, ରେଣୁବାଳା ସେଣ, ଏଆଇଟିୟୁସି ନେତା ଆଦିକନ୍ଦ ରାଉଳ, ସୀତାକାନ୍ତ ନାୟକ, ସୁଲୋଚନା ନନ୍ଦୀ, ସଂଯୁକ୍ତା ସେଠୀ, ସୁବର୍ଣ୍ଣପ୍ରଭା ସାହୁ, ବିଜୟଲକ୍ଷ୍ମୀ ନାଥଶର୍ମା ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଆସନ୍ତା ୨୧ନଭେମ୍ବରରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଏକ ବିଶାଳ ସମାବେଶ ଅନୁଷ୍ଠିତ ହେବାକୁ ସ୍ଥିର କରାଯାଇଛି। ଏଥିସହିତ ଆସନ୍ତା ଡିସେମ୍ବର ୨୫ତାରିଖରେ ମହାକାଳପଡାର ରାମଚଣ୍ଡି ଠାରେ ଜିଲ୍ଲା ସମ୍ମିଳନୀ କରାଯିବାକୁ ସ୍ଥିର କରାଯାଇଥିଲା।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି। ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି। ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି। ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି। ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨,ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯,ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି। ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ। ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି। ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି। ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି। ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି। ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ,ପ୍ରମୋଦ କୁମାର ସାହୁ,ଚିତରଞ୍ଜନ ବାରିକ,ନିରଞ୍ଜନ ପଣ୍ଡା,ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି। ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି। ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି। ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା। ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଯୋଗ୍ୟତା ଥାଇ ମଧ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ ଦିଆଯାଉନାହିଁ। ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା। ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ‘ ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି। ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଳିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି। ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି। ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି। ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି। ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ। ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି। ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ। ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି। ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ। ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ। ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା। ଏହା ପରେ ରୋଷେଇ ଗ୍ୟାସ ଦୁର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା। ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ। ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଟ କମାଣ୍ଡର ଗୌରବ ଜଗନାନୀ ମକ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ। ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି। ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ। ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା। ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା। ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି। ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି। ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା। ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି। ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି। ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ,ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧ୍ୟମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧ୍ୟରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି। ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ। ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟ୍ଟଯୋଶୀ ପ୍ରକାଶ କରିଥିଲେ। ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ,କର୍ମଚାରୀ,ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟ୍ଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି। ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟ୍ଟଯୋଶୀ ସୂଚନା ଦେଇଛନ୍ତି। ଏହି ଜମି ଗୁଡିକ ୩୨୩ ବର୍ଗ‘ଫୁଟ୍‌ରୁ ସର୍ବାଧିକ ୪୮୦ ବର୍ଗଫୁଟ୍ ମଧ୍ୟରେ ଯୋଗାଇ ଦିଆଯିବ। ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ।

# ଡମ୍ପର ମାଲିକଙ୍କ ଧାରଣା: ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ

ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି। ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ପର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ପର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି। ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନ କାର୍ଯ୍ୟ ଦେଉନାହିଁ। ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ। ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ପର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି



। ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ପର ନେଇ ପରିବହନ କରୁଥିଲେ। ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ। ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନରେ ନିୟୋଜିତ କରୁଥିଲେ। ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି। ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି। ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ କେହି କର୍ଣ୍ଣପାତ କରୁନାହାଁନ୍ତି। ଡମ୍ପର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି। ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ କଷ୍ଟସାଧ ହେଲାଣି। କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ପରରେ କାର୍ଯ୍ୟ କରୁଥିବା ଡ୍ରାଇଭର,ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି। ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି। କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି। ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି। ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି। ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧ୍ୟମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି। ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ।




# ବିଶ୍ୱାସ ଯେଉଁଠି ପ୍ରେମ ସେଇଠି

***ତୁମେ ଯଦି ତୁମ ହୃଦୟ ମନ୍ଦିରରେ ମୋର ଦୈବତ୍ୱ ପ୍ରତି ଅଟ□ଳ ବିଶ୍ୱାସକୁ ସ୍ଥିର ରଖିପାର ତେବେ ମୋର ସ୍ୱସ୍ୱରୂପ ଦର୍ଶନ ପାଇପାରିବ। କିନ୍ତୁ ତୁମେ ଯଦି ଘ□ାର ଦୋଳକ ପରି ଥରେ ଭକ୍ତି ଓ ଥରେ ଅବିଶ୍ୱାସ ମଧ୍ୟରେ ଝୁଲୁଥାଅ, ତେବେ କେବେ ମୋର ସତ୍ୟକୁ କଳନା କରି ସେଥିରୁ ଲବ୍ଧ ଆନନ୍ଦ ପାଇପାରିବ ନାହିଁ। -ବାବା***



ଏ ମୋର ପିତା, ଏ ମୋର ଜନ୍ମଦାତ୍ରୀ ମାତା ଏହାକୁ ବିଶ୍ୱାସ କରିବା ପାଇଁ ଆମେ କୌଣସି ଚାକ୍ଷୁସ ପ୍ରମାଣ ଖୋଜିନେ। ତାଙ୍କର ଅନାବିଳ ପ୍ରେମର ସ୍ପର୍ଶ ଓ ଛାୟାର ବେଷ୍ଟନୀରେ ଯେବେ ଆମେ ବଢ଼ିଚାଲୁ ଆମର ବିଶ୍ୱାସ ଆମର ଶ୍ୱାସ ଭଳି ଅଟଳ ହୋଇଉଠେ। ସେ ବିଶ୍ୱାସ ପ୍ରଶ୍ନର ବହୁତ ଉର୍ଦ୍ଧ୍ୱରେ। ପରମପିତା ଏ ସୃଷ୍ଟିର ସର୍ଜନା କରିବା ସଂକଳ୍ପ ତାଙ୍କ ପ୍ରେମରୁ ଫୁଟି ଉଠିଥିଲା। ଭଗବାନ ବାବା କୁହନ୍ତି - ମୁଁ ପ୍ରେମର ଆନନ୍ଦ ପାଇବା ପାଇଁ ନିଜକୁ ନିଜଠାରୁ ଅଲଗା କଲି ଓ ମଣିଷକୁ ସୃଷ୍ଟି କଲି। ଏ ଦୁନିଆରେ ଆମେ ପ୍ରେମକୁ ଯେଉଁ ରୂପରେ ଦେଖୁ ସେ ସବୁ କେବଳ ସେ ପରମ ପ୍ରେମର ଏକ ଆଂଶିକ ପ୍ରତିଫଳନ ମାତ୍ର। ତାକୁ ଆମେ କେତେବେଳେ ମା'ର ମମତାରେ ଦେଖୁ ତ କେବେ ସ୍ତ୍ରୀ ପୁରୁଷର ଆକର୍ଷଣରେ। କେବେ ତାହା ମୋହର ରୂପ ନିଏ ତ କେବେ ଧନ ଲୋଭର। ସେ ଯାହା ହେଉନା କାହିଁକି, ଯେଉଁଠି ବି ପ୍ରେମର ସମ୍ପର୍କ ଗଢ଼ିଉଠେ ସେଠି ବିଶ୍ୱାସ ପ୍ରେମକୁ ପୁଷ୍ଟ କରିଥାଏ। ଯେତେବେଳେ ବିଶ୍ୱାସର ଅଭାବ ଦେଖାଦିଏ ସେତେବେଳେ ସମ୍ପର୍କ ପ୍ରତି ବିପଦ ଆସିଥାଏ। ଯଦି ଭୌତିକ ଜଗତର ଏ ସତ୍ୟକୁ ଆମେ ମାନିନେଉ, ତାହେଲେ ଅନୁଶୀଳନ କରିବାର କଥା, ଯେଉଁ ପରମପିତା ପ୍ରେମର ଶକ୍ତିରେ ଏ ଜଗତକୁ ସୃଷ୍ଟି କରିଛନ୍ତି, ସବୁଥିରେ ନିଜକୁ ଅବସ୍ଥାପିତ କରିଛନ୍ତି ତଥା ଚଳତ୍କ୍ଷମ କରିଛନ୍ତି ତାଙ୍କ ପ୍ରତି ଆମ ବିଶ୍ୱାସ କେତେ ଗଭୀର ଓ ଅଟଳ ହେବା ଆବଶ୍ୟକ! ବିଶ୍ୱାସର ଚେର ସେତିକି ଗଭୀର ଓ ଦୃଢ଼ ନହେଲେ ସେ ଦିବ୍ୟ ପ୍ରେମକୁ ଆସ୍ୱାଦନ କରିବା ଓ ଅମୃତୋପମ ସେ ପ୍ରେମର ବାରିଧିରେ ଅବଗାହନ କରିବା ସହଜ ନୁହେଁ। ସେ ଆମର ସୃଷ୍ଟିର କାରଣ, କାଳ ଗର୍ଭରେ ଲୁକ୍‌କାୟିତ ଆମର ଭୂତ ଭବିଷ୍ୟ ସବୁ ବିଷୟରେ ଅବଗତ। ଅଥଚ ଆମର ବିଶ୍ୱାସ ତାଙ୍କ ପ୍ରତି ସବୁବେଳେ ଦୋଳାୟିତ। ଭଗବାନ ମଧ୍ୟ ଭକ୍ତର ବିଶ୍ୱାସକୁ ସ୍ଥିର ଅଟଳ କରିବା ପାଇଁ ପ୍ରେମବଶତଃ ତାର ପରୀକ୍ଷା ନେଇଥାନ୍ତି। ଯେମିତି ଆମେ କାନ୍ଥରେ କ ାଟିଏ ପିଟିବା ପରେ ତାକୁ ଦୋହଲାଇ ପରୀକ୍ଷା କରିଥାଉ। ଈଶ୍ୱରଙ୍କର ଏସବୁ ପରୀକ୍ଷା ଉଦ୍ଦିଷ୍ଟ କେବଳ ଭକ୍ତର ହୃଦୟରେ ବଢୁଥିବା ବିଶ୍ୱାସର ବୃକ୍ଷକୁ ସୁଦୃଢ଼ କରିବା ପାଇଁ ଯାହା ଜୀବନର ସବୁ ଝଡ଼ ଝଞ୍ଜାକୁ ପ୍ରତିହତ କରିବାର ଶକ୍ତି ରଖିପାରିବ। ଆଧ୍ୟାତ୍ମିକ ମାର୍ଗରେ ଯେତେବେଳେ ସାଧକ ଅନୁଭବ କରିପାରେ ଯେ ଭଗବାନ ତାକୁ ସବୁବେଳେ ଜଗି ରହିଛନ୍ତି, ଆଖିକୁ ଆଖିପତା ଜଗି ରହିଥିବା ଭଳି ସେତେବେଳେ ତା'ର ବିଶ୍ୱାସ ଓ ବିଶ୍ୱାସ ଜନିତ ପ୍ରେମ ସଫଳତା ଲାଭ କରେ। ତା'ଭିତରୁ ଦ୍ୱନ୍ଦ, ଭୟ, ଅନିଶ୍ଚିତତା ଅପସରିଯାଏ ଓ ପ୍ରଭୁ ପ୍ରେମରେ ଅବଗାହନ କରି ସେ ପ୍ରଶାନ୍ତି ଲାଭ କରେ। ପ୍ରେମ ଆଉ ବିଶ୍ୱାସ ପରସ୍ପରର ପରିପୂରକ। ଯେ କୌଣସି ସମ୍ପର୍କର ସୃଷ୍ଟି ବିଶ୍ୱାସରୁ ହିଁ ହୋଇଥାଏ। ଆଉ ଯେଉଁଠି ବିଶ୍ୱାସ ଥାଏ ସେଠି ପ୍ରେମ ବସା ବାନ୍ଧେ। ବିଶ୍ୱାସ ଆଉ ପ୍ରେମର ସମନ୍ୱୟ ସୃଷ୍ଟି କରେ ଏକ ଭକ୍ତର ପରିଚୟ। ଏ ବିଶ୍ୱାସ ଏକ ସରଳ ହୃଦୟ ପାଇଁ ସୁବୋଧ ହୋଇଥାଏ। ଜିଜ୍ଞାସୁର ଏକ ସରଳ ହୃଦୟରେ ବିଶ୍ୱାସ ବାସ କରେ। ଯୁବକ ନରେନ୍‌ର ମଧ୍ୟ ଏକ ସରଳ ଓ ଜିଜ୍ଞାସୁ ହୃଦୟ ଥିଲା। ଯେତେବେଳେ ସେ ରାମକୃଷ୍ଣଙ୍କୁ ପ୍ରଶ୍ନ କଲା 'ତୁମେ କଣ ମା'ଙ୍କୁ ଦେଖିଛ' - ତତ୍‌କ୍ଷଣାତ ରାମକୃଷ୍ଣ କହିଥିଲେ, 'ହଁ ଦେଖିଛି ଯେମିତି ଏବେ ତୋତେ ଦେଖୁଛି।' ରାମକୃଷ୍ଣଙ୍କର ଏଇ ପଦକ କଥା ନରେନକୁ ବିବେକାନନ୍ଦରେ ରୂପାନ୍ତରିତ କରିଥିଲା। ହଜାର ହଜାର ଜିଜ୍ଞାସୁ ଭଗବାନ ବାବାଙ୍କ ପାଖକୁ ସାତ ଦରିଆ ପାରି ହୋଇ ବିଦେଶରୁ ଆସୁଥିଲେ। ସେମାନଙ୍କର ସେଇ ଗୋଟିଏ ଜିଜ୍ଞାସା ଥିଲା। ଅନେକ କଷ୍ଟ ସ୍ୱୀକାର କରି ସେମାନେ ଆସୁଥିଲେ, ଦିନ ଦିନ ଧରି ପୁଟ୍ଟପ ର୍ତ୍ତୀ ଗ୍ରାମରେ ରହୁଥିଲେ ଓ ତୃପ୍ତ ହୋଇ ଯାଉଥିଲେ ପରମାତ୍ମାଙ୍କ ସାକାର ରୂପ ଦର୍ଶନ କରି ଏକ ଆଶ୍ୱାସନା ନେଇ ଯେ ଦୁନିଆର ଯେଉଁଠି ଥିଲେ ବି ସ୍ୱାମୀ ତାଙ୍କ ସାଥିରେ ରହିଥିବେ।

ଆମେ ସମସ୍ତେ ତାଙ୍କ କାଣିଚାଏ ପ୍ରେମ ପାଇଁ ତୃଷା ର୍ତ୍ତ। କିଏ ନ ଚାହେଁ ତାଙ୍କୁ ପ୍ରେମ ନ ଦେବାକୁ ଓ ତାଙ୍କ ପ୍ରେମ ନ ପାଇବାକୁ। ହେଲେ ସେଥିପାଇଁ କେବଳ ଆବଶ୍ୟକ ପୂର୍ଣ୍ଣ ଆସ୍ଥା ଓ ବିଶ୍ୱାସ ତାଙ୍କ ଉପରେ, ତାଙ୍କ ବା ର୍ତ୍ତା ଉପରେ। ସେ ଆମକୁ ଦେଇଯାଇଥିବା ଅମର ବା ର୍ତ୍ତାକୁ ଆମେ ଯେତେବେଳେ ଆମ ଜୀବନ ଓ ଜୀବନୀର ଅନ୍ତସ୍ରୋତ କରିପାରିବା ସେତେବେଳେ ବିଭୁପ୍ରେମ ଆମ ଆଡ଼କୁ ଅବାରିତ ଭାବେ ଝରି ଆସିବ। ସେହି ଲକ୍ଷ୍ୟରେ ଆମ ପାଇଁ ସ୍ୱାମୀ ତାଙ୍କ ହାତଗଢ଼ା ଏ ସଂଗଠନ ଦେଇଛନ୍ତି। ଏଥିରେ ନିଜକୁ ନିମଗ୍ନ କରି ତାଙ୍କ ବା ର୍ତ୍ତାକୁ ଆମେ ଆମ ଜୀବନରେ ପ୍ରତିଫଳିତ କରିପାରିବା ଓ ଦେବ ଦୁର୍ଲଭ ଭଗବତ୍ ପ୍ରେମକୁ ଉପଭୋଗ କରିପାରିବା। ପ୍ରେମ ଯଦି ସୌନ୍ଦର୍ଯ୍ୟ ଓ ସୁଗନ୍ଧଭରା ଏକ ପୁଷ୍ପମାଲ୍ୟ ହୁଏ ତେବେ ବିଶ୍ୱାସ ତାକୁ ଧରି ରଖିଥାଏ ସୁତାଖିଅ ପରି। ବିଶ୍ୱାସ ଏପରି ଏକ ଅଦୃଶ୍ୟ ନୀରବ ସାଧନା ଯାହା ପ୍ରେମକୁ ଦୀପ୍ତିମନ୍ତ କରିଥାଏ। ଏଭଳି ପ୍ରେମ ଭକ୍ତିର ଔଜଲ୍ୟ ଦେଖିବାକୁ ମିଳିଥିଲା ଋଷିପୁତ୍ର ମାର୍କଣ୍ଡେୟଙ୍କ ଠାରେ। ମହାମୁନିଙ୍କ ପୁତ୍ର ମାର୍କଣ୍ଡେୟ ଧର୍ମନିଷ୍ଠ ହେଲେ ବି ଅଳ୍ପାୟୁଶ ଥିବାରୁ ତାଙ୍କ ପିତାମାତା ବିଷର୍ଣ୍ଣ ଥିଲେ। ପିତାମାତାଙ୍କୁ ଉଦାସୀନ ଦେଖି ମାର୍କଣ୍ଡେୟ କାରଣ ଜିଜ୍ଞାସା କରିବାରୁ ସେମାନେ କହିଲେ ହେ ପ୍ରିୟପୁତ୍ର ତୁମକୁ ୧୧ ବର୍ଷ ହେବାକୁ ବସିଲାଣି। ଆଉ ଗୋଟିଏ ବର୍ଷ ହିଁ ତୁମର ଆୟୁଷ। ତୁମକୁ ହରାଇବାର ଦୁଃଖରେ ଆମେ ମ୍ରିୟମାଣ ହୋଇପଡୁଛୁ। ପିତାମାତାଙ୍କର ଶୋକ ନିବାରଣ ପାଇଁ ମାର୍କଣ୍ଡେୟ ଶିବଲିଙ୍ଗଙ୍କୁ ଆଲିଙ୍ଗନ କରି ମହା ମୃତ୍ୟୁଞ୍ଜୟ ମନ୍ତ୍ର ଭକ୍ତି ଓ ବିଶ୍ୱାସର ସହିତ ଜପ କରିବାକୁ ଲାଗିଲେ। ତାଙ୍କର ମୃତ୍ୟୁ ସମୟ ଉପଗତ ହୁଅନ୍ତେ ଯମଦୂତ ମାତେ ତାଙ୍କୁ ନେବାପାଇଁ ଆସିଲେ କିନ୍ତୁ ବିଫଳ ହେଲେ। ଯେତେବେଳେ ସ୍ୱୟଂ ଯମରାଜ ଆସି ବଳପୂର୍ବକ ତାଙ୍କୁ ନେବାକୁ ବାହାରିଲେ ପରମେଶ୍ୱର ନିଜେ ଆବିର୍ଭୂତ ହେଲେ ଓ ତାଙ୍କର ପ୍ରିୟ ମାର୍କଣ୍ଡେୟଙ୍କୁ ରକ୍ଷା କରିବା ପାଇଁ ଯମରାଜଙ୍କୁ ଯୁଦ୍ଧର ଆହ୍ୱାନ ଦେଲେ। ଯମରାଜ ବିନୟ ଭରେ କହିଲେ ପ୍ରଭୋ! ମୁଁ ତ ଆପଣଙ୍କ ନିୟମକୁ ପାଳନ ମାତ୍ର କରିଛି। ଆପଣ ହିଁ ତ ଏ ବାଳକକୁ ୧୨ ବର୍ଷର ଆୟୁ ପ୍ରଦାନ କରିଥିଲେ। ଶିବ କହିଲେ ସେ ମୋର ଭକ୍ତ। ମୋ ଭକ୍ତକୁ ରକ୍ଷା କରିବା ପାଇଁ ମୋ ଦ୍ୱାରା ସୃଷ୍ଟ ନିୟମ ଭାଙ୍ଗିବାକୁ ବି ପ୍ରସ୍ତୁତ ଏବଂ ପ୍ରେମ ପରବଶ ହୋଇ ସେ ମାର୍କଣ୍ଡେୟଙ୍କୁ ୧୨ ବର୍ଷ ସ୍ଥାନରେ ୧୨ କଳ୍ପର ଆୟୁଷ ପ୍ରଦାନ କରିଥିଲେ।

**ନାରାୟଣ ପ୍ରସାଦ ସର, ସଭାପତି,** ଶ୍ରୀସତ୍ୟସାଇ ସେବା ସଙ୍ଗଠନ, ଓଡ଼ିଶା, ଭୁବନେଶ୍ୱର, ଦୂରଭାଷ: ୯୪୩୮୧୮୨୪୮୯

# ପାନୀୟ ଜଳ ପ୍ରକଳ୍ପ ଷ୍ଟକୟାର୍ଡ଼ରୁ ଚୋରି ଘଟଣାରେ ୩ ଗିରଫ

ଧର୍ମଶାଳା (ପିଏନ୍): ଧର୍ମଶାଳା ଥାନା କ ିଗଡ଼ିଆସ୍ଥିତ ମେଗା ପାନୀୟ ଜଳ ପ୍ରକଳ୍ପ ଷ୍ଟକ୍‌ୟାର୍ଡରୁ କିଛିଦିନ ହେଲା ବିଭିନ୍ନ ସାମଗ୍ରୀ ଓ ଯନ୍ତ୍ରାଂଶ ଚୋରି ହେଉଥିଲା। ଏ ସଂପର୍କରେ ଠିକାସଂସ୍ଥା ପକ୍ଷରୁ ଗତ ୯ ତାରିଖରେ ଥାନାରେ ଏତଲା ଦିଆଯାଇଥିଲା। ଅଭିଯୋଗ ପାଇ ପୁଲିସ୍ ୫୫୮/୨୨ରେ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରିବା ସହିତ ଗତକାଲି କ ିଗଡ଼ିଆ ଗାଁର ଗ୍ରାମର ଉପେନ୍ଦ୍ର ସେଠୀଙ୍କ ଘରେ ଚଢ଼ଉ କରି ଲକ୍ଷାଧିକ ଟଙ୍କା ମୂଲ୍ୟର ବିଭିନ୍ନ ଚୋରି ଯନ୍ତ୍ରାଂଶ ଜବତ କରିଥିଲା। ଉପେନ୍ଦ୍ରଙ୍କ ସମେତ ଏହି ଘଟଣାରେ ସଂପୃକ୍ତ ଥିବା ସଂସ୍ଥାର ସୁରକ୍ଷା କର୍ମୀ ଚନ୍ଦନ ଦାସ ଓ ଖରମଙ୍ଗୀ ଗ୍ରାମର ଅମୂଲ୍ୟ ସାହୁଙ୍କୁ ଗିରଫ କରାଯାଇଥିଲା। ଗିରଫ ୩ ଅଭିଯୁକ୍ତଙ୍କୁ ଗତକାଲି ଚଣ୍ଡିଖୋଲ କୋର୍ଟ ଚାଲାଣ କରାଯାଇଛି। ପ୍ରକାଶ ଯେ, କ ିଗଡ଼ିଆ ଗାଁ ଚନ୍ଦନ ପୋଖରୀ ନିକଟରେ ହୋଇଥିବା ମେଗା ପାନୀୟ ଜଳ ପ୍ରକଳ୍ପ ଷ୍ଟକୟାର୍ଡରୁ କିଛିଦିନ ହେଲା ନିୟମିତ ବିଭିନ୍ନ ସାମଗ୍ରୀ ଓ ଯନ୍ତ୍ରାଂଶ ଚୋରି ହେଉଥିଲା। ବିଳମ୍ବିତ ରାତିରେ ଚୋରମାନେ ମୂଲ୍ୟବାନ ପିଭିସି ପାଇପ୍, ଲୁହା ରଡ୍, ସକେଟ୍, ସିମେ ଆଦି ସାମଗ୍ରୀ ଚୋରି କରି ନେଉଥିଲେ। ବାରମ୍ବାର ଚୋରି ହେବାରୁ ଏ ସଂପର୍କରେ ଠିକାସଂସ୍ଥା ପକ୍ଷରୁ ଥାନାରେ ଏତଲା ଦିଆଯାଇଥିଲା। ପୁଲିସ୍ ଏଥିରେ ସଂପୃକ୍ତ ତିନିଜଣଙ୍କୁ ଧରିବାରେ ସକ୍ଷମ ହୋଇଥିବା ବେଳେ ଅନ୍ୟ ସହଯୋଗୀମାନେ ଖସି ଯାଇଥିବା ଜଣାପଡ଼ିଛି।

# ଓଡ଼ିଶାର ଅବହେଳିତ ଚାଷୀ

ଭୁବନେଶ୍ୱର (ପିଏନ୍): କୃଷି ପ୍ରଧାନ ରାଜ୍ୟ ଭାବେ ଓଡ଼ିଶା ବେଶ୍ ପରିଚିତ। ଏହି ରାଜ୍ୟ ସମୁଦାୟ ଜନସଂଖ୍ୟାର ୮୩ପ୍ରତିଶତ ଲୋକ ଗାଁଗଣ୍ଡାରେ ରହୁଥିବାରୁ ସେମାନଙ୍କ ଭିତରୁ ଖୁବ୍ କିଛି ଲୋକଙ୍କୁ ଛାଡ଼ିଦେଲେ ଅନ୍ୟ ସମସ୍ତେ ପ୍ରତ୍ୟେକ୍ଷ ବା ପରୋକ୍ଷ ଭାବରେ କୃଷି ହେଉ ବା କୃଷିକୁ ନେଇ ଆନୁସଙ୍ଗିକ ବୃ ି ଦ୍ୱାରା ପରିବାର ପ୍ରତିପୋଷଣ କରିଥାନ୍ତି। ଆଉ କେହି କେହି କୃଷିଭି ିକ ବେପାର ବଣିଜ ଶିଳ୍ପ ଉପରେ ନିର୍ଭର କରି ରୋଜଗାରକ୍ଷମ ହୋଇଥାନ୍ତି। ଆମ ରାଜ୍ୟର ସମୁଦାୟ ତିନିଚତୁର୍ଥାଂଶ ଲୋକ ପ୍ରତ୍ୟକ୍ଷ ବା ପରୋକ୍ଷ ଭାବେ ଏହି କୃଷିକୁ ନେଇ ହିଁ ସେମାନଙ୍କ ମୁଖ୍ୟ ଜୀବନ ଜୀବିକା। କିନ୍ତୁ ଦିନକୁ ଦିନ ଓଡ଼ିଶାର ଚଷା ପୁଅଙ୍କ ଭାତହାଣ୍ଡି ଉଜୁଡ଼ିବାକୁ ଯାଉଛି। ଶିଳ୍ପାୟନ ନାମରେ ସବୁଜ ଚାଷ ଜମି ଉପରେ ପ୍ରକାଣ୍ଡକାୟ ବଡ଼ ବଡ଼ ଅଟ୍ଟାଳିକା ଗଢ଼ି ଉଠୁଛି। ସେହିପରି ପ୍ରାକୃତିକ ବିପର୍ଯ୍ୟୟ ଭାବରେ ବନ୍ୟା ହେଉ ବା ବାତ୍ୟା ବା ଫାଇଲିନ୍ ପରି ଧୂମକେତୁ କୁହାଯାଉଥିବା ମହାବାତ୍ୟା ଓଡ଼ିଶାର ଚଷାପୁଅର ଅ । ହାଡ଼ ଭାଙ୍ଗି ଦେଉଛି। ଦିନକୁ ଦିନ ସରକାରୀ ସ୍ତରରେ କୃଷି ପାଇଁ ବିଭିନ୍ନ ସହଯୋଗ ଓ ସହାୟତା ବୃଦ୍ଧି ପାଉଛି ସତ କିନ୍ତୁ ବାସ୍ତବରେ ତାହା ତଳମୁଣ୍ଡରେ ଥିବା ଚଷାପୁଅଟି ପାଇବାକୁ ଅଧିକାଂଶ କ୍ଷେତ୍ରରେ ସକ୍ଷମ ହେଉନାହିଁ। କୁହାଯାଏ ଯେ ଓଡ଼ିଶା ଦରିଦ୍ର ହେବାର ମୂଳ କାରଣ ହେଲା ଚାଷ ଓ ଚାଷୀମାନଙ୍କ ବିକାଶ ପ୍ରତି ଯଥେଷ୍ଟ ଗୁରୁତ୍ୱ ଦିଆଯାଉନାହିଁ। ବୃହତ୍ ଶିଳ୍ପ ତିଆରି କରି ସରକାର ରାଜ୍ୟକୁ ପ୍ରଗତି ପଥରେ ଆଗେଇ ନେଇଯିବା ପାଇଁ ଯୋଜନା କରୁଥିଲେ ବି ସେହି ତୁଳନାରେ କୃଷିକୁ ଆଡ଼ ଆଖିରେ ଚାହୁଁନଥିବାର ଅଭିଯୋଗ ବିଭିନ୍ନ ସମୟରେ ହୋଇଥାଏ। ଆମ ଭାରତରେ କର୍ଣ୍ଣାଟକ ଉପରେ ସରକାର ସ୍ୱତନ୍ତ୍ର କୃଷି ବଜେଟ ପ୍ରସ୍ତୁତ କରିଥିଲେ ଯାହାଦ୍ୱାରା ଓଡ଼ିଶା ହେଉଛି ସ୍ୱତନ୍ତ୍ର କୃଷି ବଜେଟ ପ୍ରସ୍ତୁତିରେ ଭାରତରେ ଦ୍ୱିତୀୟ। କିନ୍ତୁ କର୍ଣ୍ଣାଟକ ବ୍ୟତୀତ ମଧ୍ୟପ୍ରଦେଶ ଓ ଛତିଶଗଡ଼ ସରକାର ଏହାର ଯଥେଷ୍ଟ ପୂର୍ବରୁ ସ୍ୱତନ୍ତ୍ର କୃଷି ବଜେଟ ପ୍ରସ୍ତୁତ କରିସାରିଛନ୍ତି। କେବଳ କୃଷି ବଜେଟ ପ୍ରଣୟନ କରିଦେଲେ ହେବ ନାହିଁ। ଏହା ପାଇଁ ବ୍ୟବସ୍ଥା ହୋଇଥିବା ସ୍ୱତନ୍ତ୍ର କୃଷି ଶିକ୍ଷା ଳ ପ୍ରତିଷ୍ଠା କରି କୃଷିଜାତ ଦ୍ରବ୍ୟର ପ୍ରକ୍ରିୟାକରଣ ଶିଳ୍ପ ସ୍ଥାପନ ପାଇଁ ପ୍ରୋତ୍ସାହନ ଦେବା ଜରୁରୀ। ପ୍ରକୃତ ପକ୍ଷେ ପ୍ରତି ଜିଲ୍ଲାରେ କୃଷି ଶିକ୍ଷା ଳ ପ୍ରତିଷ୍ଠା କରାଯାଇ କ୍ଷୁଦ୍ର ଓ ଅତିକ୍ଷୁଦ୍ର ଶିଳ୍ପ ପ୍ରତିଷ୍ଠା ପାଇଁ ପଦକ୍ଷେପ ନିଆଯାଉ। ଏପରି କୃଷିଭି ିକ ଶିଳ୍ପ ପ୍ରତିଷ୍ଠା ପାଇଁ ପ୍ରୋତ୍ସାହନ ଦିଆଯାଉ ଯାହାଫଳରେ ସେ ଅ ଳରେ ଉତ୍ପାଦିତ ହେଉଥିବା କୃଷିଜାତ ଦ୍ରବ୍ୟର ପ୍ରକ୍ରିୟାକରଣ କରାଯାଇ ମୂଲ୍ୟଯୁକ୍ତ ହୋଇପାରିବ। ଗତ ଫାଇଲିନ୍ ଓ ପରବ ର୍ତ୍ତୀ ସମୟରେ ବନ୍ୟା ତଥା ମୂଷଳ ଧାରାରେ ବର୍ଷା ହେବା ଦ୍ୱାରା ଆମ ରାଜ୍ୟର ଅଠରଟି ଜିଲ୍ଲାର ଏଗାରଲକ୍ଷ ହେକ୍ଟର ଜମିର ଧାନ ଫସଲ ନଷ୍ଟ ହେବାବେଳେ ସଇଁତିରିଶ ହଜାର ହେକ୍ଟର ଜମିରେ ଚାଷ ହୋଇଥିବା ପନିପରିବା ନଷ୍ଟ ହୋଇଛି। କିନ୍ତୁ ପରବ ର୍ତ୍ତୀ ସମୟରେ ଚାଷୀଙ୍କୁ ଯଥେଷ୍ଟ ପରିମାଣରେ ସହାୟତା ମିଳିପାରିଲା ନାହିଁ। ରାଜ୍ୟ ସରକାର ପ୍ରସ୍ତୁତ କରିଥିବା ବିଜୁ କୃଷକ କଲ୍ୟାଣ ଯୋଜନାରେ ଏବେ ଚାଷୀମାନଙ୍କୁ ସ୍ୱାସ୍ଥ୍ୟ ବୀମାଭୁକ୍ତ କରାଯାଉଛି। ସେହିପରି ନିକଟରେ ସମସ୍ତଙ୍କ ପାଇଁ ଚିନ୍ତାର କାରଣ ସାଜିଥିବା ଆଳୁ କଥା ବିଚାର କରାଯାଉ। ଆମ ରାଜ୍ୟରେ ଆଳୁ ଉତ୍ପାଦନ ପାଇଁ ଜଳବାୟୁ ଓ ମୃ ିକା ଅନୁକୂଳ ଥିଲେ ବି ଆମ ରାଜ୍ୟରେ ମାତ୍ର ଦୁଇଲକ୍ଷ ଟନ ଉତ୍ପାଦନ ହେଉଛି। ଯେଉଁଠି ଆବଶ୍ୟକ ରହିଛି ନଅଲକ୍ଷ ଟନ। ଆଳୁ ଚାଷର ପ୍ରସାର ନ ହେବାର ବଡ଼ କାରଣ ହେଲା ରାଜ୍ୟରେ ଶୀତଳ ଭଣ୍ଡାରର ଅଭାବ। ଯାହାଦ୍ୱାରା ପଡ଼ୋଶୀ ପଶ୍ଚିମବଙ୍ଗ ସରକାର ଓଡ଼ିଶାକୁ ଆଖି ଦେଖାଇ ଦାଦାଗିରି କରିବାକୁ ସାହାସ କରିପାରିଛନ୍ତି। ବ ର୍ତ୍ତମାନ ସୁଦ୍ଧା ଆଳୁ ଠାରୁ ପନିପରିବା କ୍ଷେତ୍ରରେ ଆମ ରାଜ୍ୟ ନିଜେ ସ୍ୱାବଲମ୍ବୀ ହୋଇପାରିନାହିଁ। ଯାହାଦ୍ୱାରା ପଡ଼ୋଶୀ ଉତ୍ପାଦିତ ରାଜ୍ୟମାନେ ଅଧିକାଂଶ ସମୟରେ ସେମାନଙ୍କ ନାଲି ଆଖି ଆମକୁ ଦେଖାଇ ପାରୁଛନ୍ତି କେବଳ ଫସଲ ଉତ୍ପାଦନ ପାଇଁ ଚାଷୀକୁ ପଇସା ଗୁଞ୍ଜିଦେଲେ ଚଳିବ ନାହିଁ ନିୟମିତ ଭାବରେ ବିଭିନ୍ନ ଜାତୀୟକରଣ ବ୍ୟାଙ୍କ ଚାଷୀକୁ ସହାୟତା ଦେବା ପାଇଁ ଟାଳଟୁଳ ନୀତି ଅବଲମ୍ବନ କରୁଛନ୍ତି। ଇଆଡ଼େ ଗୋଦାମ ଘର ନଥିବାରୁ ଫସଲ ବାହାରେ ପଡ଼ି ଖତ ଖାଉଛି ଯାହାକି ବିଭିନ୍ନ ସମୟରେ ଗଣମାଧ୍ୟମର ପ୍ରମୁଖ ଖବର ଭାବେ ପ୍ରକାଶ ପାଉଛି। ଚାଷୀକୁ ନେଇ ଗର୍ବ କରୁଥିବା ଚଷାପୁଅର ଭେଣ୍ଡିଆ ପୁଅମାନେ ଆଉ କିନ୍ତୁ ଚାଷବାସକୁ ବନ କରୁନାହାନ୍ତି ଏହାର ବଡ଼ କାରଣ ହେଉଛି ସେମାନେ ଚାଷକୁ ନେଇ ନିଜ ଜୀବନ ଜୀବିକା ଗଢ଼ିବା ପାଇଁ ସାହସ କୁଳାଇ ପାରୁନାହାନ୍ତି। ପଡ଼ୋଶୀ ଆନ୍ଧ୍ରପ୍ରଦେଶ ଠାରୁ ପଶ୍ଚିମବଙ୍ଗ ଛୋଟ ରାଜ୍ୟ ଛତିଶଗଡ଼ ଠାରୁ ମହାରାଷ୍ଟ୍ର ବା କର୍ଣ୍ଣାଟକ ଏସବୁ ରାଜ୍ୟରେ ଚାଷୀମାନଙ୍କୁ ପର୍ଯ୍ୟାପ୍ତ ପରିମାଣର ସମସ୍ତ ସହାୟତା ସୁଯୋଗ ମିଳୁଥିବାରୁ ଚାଷ ପ୍ରତି ସେ ରାଜ୍ୟରେ ଆଗ୍ରହ ବୃଦ୍ଧି ପାଉଛି। ପଡ଼ୋଶୀ ଛତିଶଗଡ଼ ସରକାର ଧାନ କ୍ୱି ାଲ ପିଛା ତିନିଶହ ଟଙ୍କା ବୋନସ ଦେଉଥିବାବେଳେ ମଧ୍ୟପ୍ରଦେଶ ସରକାର ଗହମ କ୍ୱି ାଲ ପିଛା ଦେଢ଼ଶହ ଟଙ୍କା ବୋନସ ଦେଉଛନ୍ତି ଏ ସମୟରେ ଓଡ଼ିଶା ସରକାର କ୍ୱି ାଲ ପିଛା ଶହେ ଟଙ୍କା ବୋନସ ଦେବେ ବୋଲି କହିଛନ୍ତି। ସେହିପରି କର୍ଣ୍ଣାଟକ ସରକାର ଦୁଗ୍ଧ ଚାଷୀମାନଙ୍କୁ ଲିଟର ପିଛା ଚାରିଟଙ୍କା ବୋନସ ଦେଉଛନ୍ତି କିନ୍ତୁ ଆମ ରାଜ୍ୟରେ ଉତ୍ପାଦନ ବୃଦ୍ଧି ପାଇଁ ଏହି ଚାଷୀଙ୍କୁ ବୋନସ ଦିଆଯାଇ ପାରୁନାହିଁ। ଏହିପରି ଅଭିଯୋଗ ଲେଖିଲେ ଲେଖାର କଳେବର ଯାହା ବୃଦ୍ଧି ପାଇବ ସରକାର ଦୂରଦୃଷ୍ଟିର ସହ ଚାଷୀଙ୍କ ସର୍ବବିଧ ଉନ୍ନତି ପାଇଁ ସହାୟତା ଯୋଗାଇଲେ ଓଡ଼ିଶା ନିଜ କୃଷିକୁ ନେଇ ନିଶ୍ଚିତ ଭାବରେ ଆଗୁଆ ରାଜ୍ୟ ଭାବରେ ପରିଗଣିତ ହେବ।

**DISPLAY CLASSIFIED**

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

# ଜିଲ୍ଲାସ୍ତରୀୟ ପ୍ରାକୃତିକ ବିପର୍ଯ୍ୟୟ କମିଟିର ପ୍ରସ୍ତୁତି ବୈଠକ

କେନ୍ଦୁଝର (ପିଏନ୍): ଓଡିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତୃପକ୍ଷଙ୍କ ମାର୍ଗଦର୍ଶିକା ଏବଂ ଜିଲ୍ଲାପାଳ ଆଶିଷ ଠାକରେଙ୍କ ନିର୍ଦ୍ଦେଶକ୍ରମେ ଆଗାମୀ ବର୍ଷାଋତୁରେ କେନ୍ଦୁଝର ଜିଲ୍ଲାରେ ସମ୍ଭାବ୍ୟ ବନ୍ୟା, ବାତ୍ୟା ଆଦି ପ୍ରାକୃତିକ ବିପର୍ଯ୍ୟୟର ମୁକାବିଲା ନିମନ୍ତେ ତା ୦୧.୦୬.୨୦୨୨ ରିଖ ବୁଧବାର ଦିନ ଅତିରିକ୍ତ ଜିଲ୍ଲାପାଳ ଶ୍ରୀମତୀ ଖୁସମା ବିଲୁଙ୍ଗଙ୍କ ଅଧ୍ୟକ୍ଷତାରେ ଦରବାର ହଲ୍‌ଠାରେ ଜିଲ୍ଲାସ୍ତରୀୟ ପ୍ରାକୃତିକ ବିପର୍ଯ୍ୟୟ କମିଟିର ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ପାଟଣା ବିଧାୟକ ତଥା ଜିଲ୍ଲା ଯୋଜନା କମିଟି ଅଧ୍ୟକ୍ଷ ଜଗନ୍ନାଥ ନାଏକ, କେନ୍ଦୁଝର ଲୋକସଭା ସଦସ୍ୟା ଇଂ ଚନ୍ଦ୍ରାଣୀ ମୁର୍ମୁ, ଘଷିପୁରା ବିଧାୟକ ତଥା ପୂର୍ବତନ ମନ୍ତ୍ରୀ ବଦ୍ରିନାରାୟଣ ପାତ୍ର, କେନ୍ଦୁଝର ବିଧାୟକ ମୋହନ ଚରଣ ମାଝୀ, ଆନନ୍ଦପୁର ବିଧାୟକ ଭାଗୀରଥୀ ସେଠୀ, ଚମ୍ପୁଆ ବିଧାୟିକା ଶ୍ରୀମତୀ ମିନାକ୍ଷୀ ମହାନ୍ତ, ଡିଏଫଓ କେନ୍ଦୁଝର ଧନରାଜ ଏଚ୍‌ଡି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଯଦୁମଣି ମହଲା, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ବିଷ୍ଣୁ ପ୍ରସାଦ ଆଚାର୍ଯ୍ୟ, କେନ୍ଦୁଝର ଉପଜିଲ୍ଲାପାଳ ରାମଚନ୍ଦ୍ର କିସ୍କୁ, ଚମ୍ପୁଆ ଉପଜିଲ୍ଲାପାଳ ପ୍ରତାପ ପ୍ରୀତିମୟ, ଡେପୁଟି କଲେକ୍ଟର ଆପତ୍‌କାଳୀନ ସୁରଂଜିକା ବେହେରାଙ୍କ ସମେତ ବିଭିନ୍ନ ବିଭାଗୀୟ ଜିଲ୍ଲାସ୍ତରୀୟ ଅଧିକାରୀ, ବିଡିଓ, ତହସିଲଦାର, ପୌରପାଳିକା / ଏନଏସିର ନିର୍ବାହୀ ଅଧିକାରୀ ମାନେ ଯୋଗ ଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ବୈଠକରେ ସମ୍ଭାବ୍ୟ ବନ୍ୟା, ବାତ୍ୟାର ମୁକାବିଲାର ବିଭିନ୍ନ ଦିଗ ଉପରେ ଆଲୋଚନା କରାଯାଇ ଏବେଠାରୁ ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଯୋଜନାବଦ୍ଧ ଭାବେ ପ୍ରସ୍ତୁତି ଆରମ୍ଭ କରିବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ଜିଲ୍ଲାରେ ବନ୍ୟା, ବାତ୍ୟା ଆଦି ପ୍ରାକୃତିକ ବିପର୍ଯ୍ୟୟ ହେଲେ ତାର ସଫଳ ମୁକାବିଲା ପାଇଁ ସରକାରୀ ପଦାଧିକାରୀ, ଲୋକ ପ୍ରତିନିଧି, ସ୍ୱେଚ୍ଛାସେବୀ, ଏସଏଚଜି ତଥା ଜନସାଧାରଣ ସମସ୍ତେ ସାମୁହିକ ଭାବେ କାର୍ଯ୍ୟ କରିବା ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ଜିଲ୍ଲାସ୍ତରରେ ଏବଂ ବ୍ଲକସ୍ତରରେ ୨୪ ଘଂଟିଆ କଂଟ୍ରୋଲ୍ ରୁମ୍ କାର୍ଯ୍ୟକ୍ଷମ କରିବା ପାଇଁ ପଦକ୍ଷେପ ନେବାକୁ ସଂପୃକ୍ତ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ଜିଲ୍ଲାର ବିଭିନ୍ନ ବ୍ଲକ/ପୌରପାଳିକା / ଏନଏସିରେ ବନ୍ୟା, ବାତ୍ୟା ଦ୍ୱାରା ପ୍ରଭାବିତ ହେବାକୁ ଥିବା ସ୍ଥାନ, ନିରାପଦ ଆଶ୍ରୟ ସ୍ଥଳ ଉପରେ ଆଲୋଚନା ହୋଇଥିଲା। ସ୍ଥିରିକୃତ ହୋଇଥିବା ନିରାପଦ ଆଶ୍ରୟସ୍ଥଳମାନଙ୍କର ଅବସ୍ଥା ତଦାରଖ ସହିତ ଆବଶ୍ୟକୀୟ ମରାମତି ଓ ରକ୍ଷଣାବେକ୍ଷଣ ପାଇଁ ପଦକ୍ଷେପ ନେବାକୁ ବିଡିଓମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ବନ୍ୟା ପ୍ରଭାବିତ ଅଂଚଳରେ ପର୍ଯ୍ୟାପ୍ତ ପରିମାଣରେ ଚୂଡ଼ା, ବିସ୍କୁଟ୍, ଚାଉଳ, ଗୁଡ, କିରୋସିନି, ମହମବତୀ, ଦିଆସିଲି ଆଦି ଅତ୍ୟାବଶ୍ୟକୀୟ ସାମଗ୍ରୀ ତଥା ଅନ୍ୟାନ୍ୟ ରିଲିଫ୍ ସାମଗ୍ରୀ ମହଜୁଦ୍ ରଖିବା ପାଇଁ ବିହିତ ପଦକ୍ଷେପ ନେବାକୁ ବେସାମରିକ ଯୋଗାଣ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ଜଳ ସଂପଦ ବିଭାଗ ଅଧିନସ୍ଥ ନଦୀବନ୍ଧ ମାନଙ୍କରେ ଦୁର୍ବଳ ସ୍ଥାନମାନଙ୍କର ଆଶୁ ମରାମତି ସହ ପର୍ଯ୍ୟାପ୍ତ ପରିମାଣରେ ବାଲିବସ୍ତା, ବାଉଁଶ ଓ ଅନ୍ୟାନ୍ୟ ସାମଗ୍ରୀ ମହଜୁଦ ରଖିବା ପାଇଁ ବିଭାଗୀୟ ଅଧିକ୍ଷଣ ଯନ୍ତ୍ରୀ/ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ପ୍ରତ୍ୟେକ କେନାଲ୍ ମାନଙ୍କରେ ଡ୍ରେନେଜ୍ ବ୍ୟବସ୍ଥା ସୁଧାରିବା ପାଇଁ ମଧ୍ୟ ବିହିତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦିଆଯାଇଥିଲା। ଏତଦ୍‌ବ୍ୟତୀତ ଜିଲ୍ଲାର ବିଭିନ୍ନ ପୌରପାଳିକା / ଏନଏସି ଅଂଚଳରେ ଡ୍ରେନେଜ୍ ବ୍ୟବସ୍ଥା ସୁଧାରିବା ନିମନ୍ତେ ବିହିତ ପଦକ୍ଷେପ ନେବାକୁ ନିର୍ବାହୀ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ବନ୍ୟା, ବାତ୍ୟା ସମୟରେ ଟେଲିଫୋନ୍ ସେବାକୁ କାର୍ଯ୍ୟକ୍ଷମ ରଖିବାକୁ ଟେଲିକମ୍ ବିଭାଗର କର୍ମକର୍ତାଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ଦେଶୀ ଡଙ୍ଗା ଓ ପାୱାର୍ ବୋଟ୍ ପ୍ରସ୍ତୁତ ରଖିବା ନିମନ୍ତେ ବିହିତ ପଦକ୍ଷେପ ନେବାକୁ ଉପଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ବିଶେଷ କରି ବନ୍ୟା ବାତ୍ୟା ସମୟରେ ପାନୀୟ ଜଳ ଯୋଗାଣ ଉପରେ ଗୁରୁତ୍ୱାରୋପ କରାଯାଇ ଏ ଦିଗରେ ବିହିତ ପଦକ୍ଷେପ ନେବା ସହିତ ଅଗମ୍ୟ ଅଂଚଳରେ ପାନୀୟ ଜଳ ବ୍ୟବସ୍ଥା କରିବାକୁ ବିଭାଗୀୟ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ସହରାଂଚଳରେ ପାନୀୟ ଜଳ ବ୍ୟବସ୍ଥାକୁ ସୁବ୍ୟବସ୍ଥିତ କରିବା ନିମନ୍ତେ ବିହିତ ପଦକ୍ଷେପ ନେବାକୁ ଜନସ୍ୱାସ୍ଥ୍ୟ ବିଭାଗର ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ବିଦ୍ୟୁତ ଯୋଗାଣ ଉପରେ ବିହିତ ପଦକ୍ଷେପ ନେବାକୁ ଟିପିଏନଓଡିଏଲର ଅଧିକ୍ଷଣ / ନିର୍ବାହୀ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ପ୍ରାକୃତିକ ବିପର୍ଯ୍ୟୟ ତଥା ପରବର୍ତୀ ସମୟରେ ସ୍ୱାସ୍ଥ୍ୟ ଓ ପରିମଳ ସମସ୍ୟାର ମୁକାବିଲା ନିମନ୍ତେ ବିହିତ ପଦକ୍ଷେପ ନେବା ସହିତ ପ୍ରତି ଚିକିତ୍ସାଳୟ/ଏ.ଏନ୍.ଏମ୍. ସେଂଟର / ଅଙ୍ଗନୱାଡି କେନ୍ଦ୍ରମାନଙ୍କରେ ଯଥେଷ୍ଟ ପରିମାଣରେ ଓ.ଆର୍.ଏସ୍. ପ୍ୟାକେଟ୍, ହାଲୋଜେନ୍ ଟାବ୍ଲେଟ୍, ବ୍ଲିଚିଂ ପାଉଡର, ଆଶୁ ଚିକିତ୍ସା ସାମଗ୍ରୀ ଆଦି ମହଜୁଦ ରଖି ବଂଟନ କରିବା ପାଇଁ ବିହିତ ପଦକ୍ଷେପ ନେବାକୁ ମୁଖ୍ୟ ଜିଲ୍ଲା ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ବନ୍ୟା, ବାତ୍ୟା ସମୟରେ ପଶୁଧନର ଚିକିତ୍ସା ଓ ଗୋଖାଦ୍ୟ ଯୋଗାଣ, କଂଟ୍ରୋଲ୍ ରୁମ୍ କାର୍ଯ୍ୟକ୍ଷମ ତଥା ଏ ବାବଦରେ ବିଶଦ ଆକ୍ସନ୍ ପ୍ଲାନ୍ ପ୍ରସ୍ତୁତ କରି ପଦକ୍ଷେପ ନେବାକୁ ଜିଲ୍ଲା ମୁଖ୍ୟ ପଶୁ ଚିକିତ୍ସା ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଥିଲା। ପ୍ରାକୃତିକ ବିପର୍ଯ୍ୟୟ ପ୍ରସ୍ତୁତିର ଅନ୍ୟାନ୍ୟ ଦିଗ ଉପରେ ଆଲୋଚନା କରାଯାଇଥିଲା ଏବଂ ବିଭିନ୍ନ ବିଭାଗୀୟ ଅଧିକାରୀମାନେ ସେମାନଙ୍କ ବିଭାଗର ଆକ୍ସନ ପ୍ଲାନ୍ ଅତିଶୀଘ୍ର ଦାଖଲ କରିବାକୁ ଅତିରିକ୍ତ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ଏତଦବ୍ୟତୀତ ସମ୍ଭାବ୍ୟ ବନ୍ୟା ବାତ୍ୟା ପରିସ୍ଥିତିରେ ଉଦ୍ଧାର କାର୍ଯ୍ୟ, ରିଲିଫ ପରିଚାଳନା, ଗଛ ପଡିରାସ୍ତା ଅବରୋଧହେଲେ ଗମନା ଗମନ ଉପଯୋଗୀ କରିବା, ରାସ୍ତାଘାଟ ମରାମତି, କ୍ଷୟକ୍ଷତି ଆକଳନ, ଆଇନ ଶୃଙ୍ଖଳା ରକ୍ଷା, ଓଡ୍ରାଫ ଓ ଏନଡିଆରଏଫ ମୁତୟନ ଇତ୍ୟାଦି ପ୍ରସଙ୍ଗ ଉପରେ ବୈଠକରେ ବିଶଦଭାବେ ଆଲୋଚନା କରାଯାଇଥିଲା।

